ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

visit us at
www.paryabekhyak.com

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.24 . No.160 Bhubaneswar Sunday, August 08, 2021 | ୨୪ତମ ବର୍ଷ ସଂଖ୍ୟା-୧୬୦ ଭୁବନେଶ୍ୱର, ରବିବାର, ଅଗଷ୍ଟ ୦୮, ୨୦୨୧ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS



ନୂଆଦିଲ୍ଲୀରେ 'ପିଏମ-ଡକସ'ପୋର୍ଟାଲ ଏବଂ 'ପିଏ-ଡକସ୍' ମୋବାଇ ଆପ୍ ଉନ୍ମୋଚନ ଉତ୍ସବରେ କେନ୍ଦ୍ର ସାମାଜିକ ନ୍ୟାୟ ଏବଂ ସଶକ୍ତିକରଣ ମନ୍ତ୍ରୀ ବିରେନ୍ଦ୍ର କୁମାର

## ଗୋଟିଏ ଦିନରେ ୧୦୯୬ କରୋନା ଆକ୍ରାନ୍ତ ଚିହ୍ନଟ

ଭୁବନେଶ୍ୱର, ୭।୮(ପି.ଏନ) : ରାଜ୍ୟରେ ଗୋଟିଏ ଦିନରେ ୧୦୯୬ ଜଣ ନୂଆ କରୋନା ଆକ୍ରାନ୍ତ ଚିହ୍ନଟ ହେବା ପରେ ମୋଟ କରୋନା ସଂକ୍ରମିତଙ୍କ ସଂଖ୍ୟା ୯୮୫୮୨୭ କୁ ବୃଦ୍ଧି ପାଇଛି। ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ଟ୍ୱିଟ କରି ସୂଚନା ଦିଆ ଯାଇଛି । ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ୯୬୬୯୨୮ ରୋଗୀ ସୁସ୍ଥ ହୋଇ ସାରିଥିବା ବେଳେ ସକ୍ରିୟ ୧୨୪୮୦ ରହିଛି । ଆଜି ଚିହ୍ନଟ ହୋଇଥିବା ୧୦୯୬ ଜଣଙ୍କ ମଧ୍ୟରୁ ୬୩୭ ଜଣ ସଂଗରୋଧରୁ ହୋଇଥିବା ବେଳେ ୪୫୯ ଜଣ ସ୍ଥାନୀୟ ଲୋକ ବୋଲି ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ସୂଚନା ଦିଆ ଯାଇଛି । କରୋନା ପଜିଟିଭ ମାମଲା ସାମନାକୁ ଆସିବା ପରେ ଏହି ବାବଦରେ କଂଟାକ୍ଟ ଟ୍ରେସିଂ ଓ ଅନ୍ୟ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରା ଯାଉଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପ୍ରକାଶ କରା ଯାଇଛି । ଆଜି ଚିହ୍ନଟ ହୋଇଥିବା କୋରୋନା ଆକ୍ରାନ୍ତ ମାନେ ମୋଟ ୨୮ ଟି ଜିଲ୍ଲାର ହୋଇଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆ ଯାଇଛି ।ସ୍ୱାସ୍ଥ୍ୟ ବିଭାଗ ବିଭାଗ ପକ୍ଷରୁ ଦିଆ ଯାଇଥିବା ସୂଚନା ଅନୁସାରେ ଖୋର୍ଦ୍ଧାରୁ ସବୁଠାରୁ ଅଧିକ ୩୮୯ ଜଣ ଜଣ କରୋନା ସଂକ୍ରମିତ ହୋଇଥିବା ଜଣା ପଡିଛି ।ଗତ ୨୪ ଘଂଟା ମଧ୍ୟରେ ଅନୁଗୁଳ ଜିଲ୍ଲାରୁ ୪୦ ଜଣ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ବାଲେଶ୍ୱରରୁ ୭୭ ଜଣ, ବରଗଡ଼ରୁ ୧୧ ଜଣ, ଭଦ୍ରକରୁ ୨୧ ଜଣ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ସେହିପରି ବଲାଙ୍ଗୀରରୁ ୭ ଜଣ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ବୌଦ୍ଧ ଜିଲ୍ଲାରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି । କଟକରୁ ୯୨, ଦେବଗଡ ଜିଲ୍ଲାରୁ ୧ ଜଣ, ଢେଙ୍କାନାଳ ଜିଲ୍ଲାରୁ ୯ ଜଣ, ଗଜପତି ଜିଲ୍ଲାରୁ ୪ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ଗଞ୍ଜାମରୁ ୫ ଜଣ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ଜଗତସିଂହପୁର ଜିଲ୍ଲାରୁ ୫୮ ଜଣ, ଯାଜପୁରରୁ ୬୮ ଜଣ, ଝାରସୁଗୁଡ଼ାରୁ ୫ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । କଳାହାଣ୍ଡିରୁ ୩ ଜଣ, କନ୍ଧମାଳ ଜିଲ୍ଲାରୁ ୧୭ ଜଣ. କେନ୍ଦ୍ରାପଡ଼ାରୁ ୩୬ ଜଣ, କେନ୍ଦୁଝରରୁ ୧୩ ଜଣ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ଖୋର୍ଦ୍ଧାରୁ ୩୮୯ ଜଣ, କୋରାପୁଟରୁ ୭ ଜଣ ସଂକ୍ରମିତ ହୋଇଥିବା ବେଳେ ମାଲକାନଗିରି ଜିଲ୍ଲାରୁ ୪ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ମୟୂରଭଞ୍ଜରୁ ୩୨ ଜଣ, ନବରଙ୍ଗପୁରରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି । ନୟାଗଡ଼ରୁ ୨୯ ଜଣ ଚିହ୍ନଟ ହୋଇଥିବା ବେଳେ ନୂଆପଡ଼ାରୁ ୨,ପୁରୀରୁ ୪୮ ଜଣ, ରାୟଗଡ଼ାରୁ ୮ ଜଣ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ସମ୍ବଲପୁରରୁ ୮ ଜଣ, ସୋନପୁରରୁ ୨ ଜଣ, ସୁନ୍ଦରଗଡ଼ରୁ ୨୦ ଜଣ ଓ ଷ୍ଟେଟ୍ ପୁଲରୁ ୮୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି ।

## ନୀରଜ ଚୋପ୍ରାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା

ଭୁବନେଶ୍ୱର, ୭।୮(ପି.ଏନ): ଟୋକିଓ ଅଲିମ୍ପିକ୍ସ-୨୦୨୦ରେ ସ୍ୱର୍ଣ୍ଣପଦକ ହାସଲ କରିଥିବା ନୀରଜ ଚୋପ୍ରାଙ୍କୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଶୁଭେଚ୍ଛା ଜଣାଇଛନ୍ତି । ଜାଭେଲିନ୍ ଥ୍ରୋରେ ଭାରତ ପାଇଁ ସ୍ୱର୍ଣ୍ଣ ପଦକ ଆଣିବା ପରେ ମୁଖ୍ୟମନ୍ତ୍ରୀ ଟୁଇଟ୍ କରି କହିଛନ୍ତି, ନୀରଜଙ୍କ ବିଜୟ ଐତିହାସିକ। ନୀରଜଙ୍କ ପାଇଁ ଦେଶ ଗର୍ବ ଅନୁଭବ କରୁଛି । ତାଙ୍କର ସଫଳତା ଆଗାମୀ ପିଢ଼ିକୁ ପ୍ରେରଣା ଯୋଗାଇବ ବୋଲି ନବୀନ କହିଛନ୍ତି ।

## ଅଗଷ୍ଟ ୧୬ରୁ ଯୁକ୍ତ ୨ ନାମଲେଖା ପ୍ରକ୍ରିୟା

ଭୁବନେଶ୍ୱର, ୭।୮(ପି.ଏନ) : ଆସନ୍ତା ଅଗଷ୍ଟ ୧୬ ତାରିଖ ମଧ୍ୟରେ ଯୁକ୍ତ ଦୁଇ ନାମଲେଖା ପାଇଁ ଆବେଦନ ପ୍ରକ୍ରିୟା ଆରମ୍ଭ ହେବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ସମୀର ରଞ୍ଜନ ଦାଶ ସୂଚନା ଦେଇଛନ୍ତି। ଗତ ବର୍ଷ ଅଗଷ୍ଟ ୨୧ ତାରିଖରେ ଯୁକ୍ତ ଦୁଇ ପାଇଁ ଆବେଦନ ପ୍ରକ୍ରିୟା ଆରମ୍ଭ ହୋଇଥିଲା। ଚଳିତ ବର୍ଷ ଏହାର ସପ୍ତାହକ ପୂର୍ବରୁ ଆରମ୍ଭ ହେବ ବୋଲି ବିଭାଗ ନିଷ୍ପତି ନେଇଛି। ଏକ ମାସ ମଧ୍ୟରେ ଛାତ୍ରଛାତ୍ରୀଙ୍କୁ ଆବେଦନ ପାଇଁ ସମୟ ଦିଆଯିବ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି ।ଅପରପକ୍ଷେ, ମାଟ୍ରିକ ଅଫଲାଇନ୍ ଖାତା ଦେଖା ଆସନ୍ତା ୧୨ ତାରିଖରୁ ଆରମ୍ଭ ହେବାକୁ ଥିବା ବେଳେ ଆସନ୍ତା ୨୦ ତାରିଖ ସୁଦ୍ଧା ରେଜଲ୍ଟ ପ୍ରକାଶ ପାଇବ। ଏଥିପାଇଁ ବୋର୍ଡ ପକ୍ଷରୁ ପୂର୍ବ ପ୍ରସ୍ତୁତି ଆରମ୍ଭ ହୋଇଯାଇଛି। ଖୁବ୍ ଶୀଘ୍ର ତାରିଖ ଘୋଷଣା କରାଯିବ। ଅଫଲାଇନ୍ ପରୀକ୍ଷା ଦେଇଥିବା କୌଣସି ପିଲା ଯେପରି ଯୁକ୍ତ୨ରେ ଆଡମିଶନ ପାଇବାରୁ ବଂଚିତ ନ ହୁଅନ୍ତି ତା' ଉପରେ ତିକ୍ଷଣ ଦୃଷ୍ଟି ରଖିଛୁ। ଏପରିକି ଆବଶ୍ୟକ ପଡ଼ିଲେ ଯୁକ୍ତ ୨ ନାମଲେଖା ପ୍ରକ୍ରିୟା ଗୋଟିଏ ମାସ ପାଇଁ ରଖିବାକୁ ସ୍ଥିର କରିଛୁ ବୋଲି କହିଛନ୍ତି ମନ୍ତ୍ରୀ।ଏଥର ୫୫ ହଜାରରୁ ଅଧିକ ସିଟ ବୃଦ୍ଧି ପାଇଁ କଲେଜଗୁଡିକ ଆବେଦନ କରିଛନ୍ତି ।ତେବେ ବିଜ୍ଞାନ ପାଇଁ ଲାବୋରେଟୋରୀ ସମସ୍ୟା ହୋଇପାରେ। ତେଣୁ ଏସବୁର ଭିତିଭୂମି ଯାଂଚ ଚାଲିଛି। ଗତକାଲି ପ୍ରମୁଖ ଶାସନ ସଚିବଙ୍କ ଅଧକ୍ଷତାରେ ମଧ ବୈଠକ ବସିଥିଲା ।ସେଲ୍ଫ ଫାଇନାନ୍ସିଂ କଲେଜର ଅଧିକ ଯାଂଚ ହେଉଛି । ସେମାନେ ଲାବୋରେଟୋରୀ ସୁବିଧା କେତେ ଯୋଗାଇ ପାରିବେ, ତାହାର ଅନୁଧ୍ୟାନ ଚାଲିଥିବା ମନ୍ତ୍ରୀ କହିଛନ୍ତି ।

## ଅଗଷ୍ଟ ଦ୍ୱିତୀୟ ସପ୍ତାହରୁ ଇକ୍‌ମୋ ଚିକିତ୍ସା

ଭୁବନେଶ୍ୱର, ୭।୮(ପି.ଏନ) : ଅଗଷ୍ଟ ଦ୍ୱିତୀୟ ସପ୍ତାହରୁ କଟକ ଏସସିବିରେ ଉପଲବ୍ଧ ହେବ ଇକ୍‌ମୋ ଚିକିତ୍ସା। ୯ଟି ମେସିନ କଟକ ଏସସିବି ମେଡ଼ିକାଲରେ ଆଣି ରଖାଯାଇଛି। ଏଥିପାଇଁ ଆବଶ୍ୟକ ମାନବ ସମ୍ବଳଙ୍କୁ ମଧ ନିଯୁକ୍ତି ଦିଆଯାଇ ସରିଛି। ସ୍ୱତନ୍ତ୍ର ପ୍ରଶିକ୍ଷଣ ନେଇଛନ୍ତି ଡାକ୍ତର ଓ ସ୍ୱାସ୍ଥ୍ୟକର୍ମୀ । ଗୋଟିଏ ବ୍ୟାଚ୍ କଲିକତାରୁ ଟ୍ରେନିଂ ନେଇ ଆସିଛନ୍ତି,ଆଉ ଗୋଟିଏ ଟିମ ଖୁବଶୀଘ୍ର କଲିକତା ଯିବେ ।ସମସ୍ତ ମେସିନ ଇନଷ୍ଟଲ ହୋଇସାରିଛି। ପ୍ରସ୍ତୁତିକରଣ ପ୍ରାୟ ଶେଷ ହୋଇଥିବା ଡିଏମଇଟି ନିର୍ଦ୍ଦେଶକ ସି.ବି.କେ ମହାନ୍ତି କହିଛନ୍ତି । ସେ ଆହୁରି କହିଛନ୍ତି ଯେ ୯ଟି ମେସିନକୁ ଦୁଇ ଭାଗରେ ବିଭକ୍ତ କରାଯିବ। କୋଭିଡରୁ ଭଲ ହେଉଥିବା ରୋଗୀଙ୍କ ପାଇଁ ବଡ଼ ୟୁନିଟ କରାଯିବ ଓ ସଂକ୍ରମିତଙ୍କ ପାଇଁ ସ୍ମଲ ୟୁନିଟ କରାଯିବ। କୋଭିଡରୁ ଭଲ ହେଉଥିବା ରୋଗୀଙ୍କ ଲାଗି ୬ଟି ମେସିନ ବ୍ୟବହାର ହେବ ଓ ସଂକ୍ରମିତଙ୍କ ଲାଗି ୩ଟି ମେସିନ ବ୍ୟବହାର କରାଯିବ। ରାଜ୍ୟ ସରକାର ଲୋକଙ୍କୁ ମାଗଣା ଇକମୋ ଚିକିତ୍ସା ଯୋଗାଇ ଦେବାକୁ ବ୍ୟବସ୍ଥା କରିଛନ୍ତି । ଯାହାଦ୍ୱାରା ଲୋକ ଉପକୃତ ହେବେ ବୋଲି ଡିଏମ୍ଇଟି ନିର୍ଦ୍ଦେଶକ ସି.ବି.କେ ମହାନ୍ତି କହିଛନ୍ତି।

## ଭୁବନେଶ୍ୱରରେ ଧର୍ମାନୁଷ୍ଠାନ ଖୋଲିବା ନେଇ ବିଏମସି ର ବୈଠକ

ଭୁବନେଶ୍ୱର,୭।୮(ପି.ଏନ) : କୋଭିଡ୍ କଟକଣା କୋହଳ ହେବା ପରେ ରାଜ୍ୟର ବିଭିନ୍ନ ସ୍ଥାନରେ ଧର୍ମାନୁଷ୍ଠାନ ଗୁଡିକ ଖୋଲାଯାଉଛି। ତେବେ ଭୁବନେଶ୍ୱରରେ ଧର୍ମାନୁଷ୍ଠାନ ଖୋଲିବା ନେଇ କୌଣସି ନିଷ୍ପତି ହୋଇନଥିବାବେଳେ ବେଳେ ଆଜି ଏନେଇ ବିଏମସିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ବିଏମସି କମିସନର ସଞ୍ଜୟ ସିଂହଙ୍କ ଅଧକ୍ଷତାରେ ଭୁବନେଶ୍ୱର ମହାନଗର ନିଗମ ଅଂଚଳରେ ଧର୍ମାନୁଷ୍ଠାନ ଖୋଲିବା ପାଇଁ ବୈଠକ ବସିଥିଲା। ଏଥିରେ ବିଭିନ୍ନ ଧାର୍ମିକ ଅନୁଷ୍ଠାନର କର୍ମକର୍ତାଙ୍କ ସମେତ ଲିଙ୍ଗରାଜ ମନ୍ଦିର ଟ୍ରଷ୍ଟ ବୋର୍ଡ ସଦସ୍ୟ ଓ ବିଭିନ୍ନ ନିଯୋଗ କର୍ମକର୍ତା ଭର୍ଚୁଆଲ ମାଧ୍ୟମରେ ଯୋଗ ଦେଇଥିଲେ। ଏହି ବୈଠକରେ ମନ୍ଦିର ଓ ଅନ୍ୟ ଧାର୍ମିକ ଅନୁଷ୍ଠାନ ଖୋଲିବା ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା। ଆସନ୍ତା ୨୩ ତାରିଖରେ ଧର୍ମାନୁଷ୍ଠାନ ଖୋଲିବା ପାଇଁ ସମସ୍ତେ ପ୍ରସ୍ତାବ ଦେଇଥିଲେ ବୋଲି ଶ୍ରୀ ସିଂହ କହିଛନ୍ତି ।ତେବେ ଏ ନେଇ ଏକ ଆଭ୍ୟନ୍ତରୀଣ ବୈଠକ ବସିବ ଏବଂ ଧର୍ମାନୁଷ୍ଠାନ ଖୋଲିବା ନେଇ ଦୁଇଟି ଦିଗକୁ ଗୁରୁତ୍ୱ ଦିଆଯିବ। କୋଭିଡ ସ୍ଥିତି ଓ ଆଜିର ବୈଠକର ମତାମତ ଆଧାରରେ ଧର୍ମାନୁଷ୍ଠାନ ଖୋଲିବା ନେଇ ନିଷ୍ପତି ନିଆଯିବ ବୋଲି ବିଏମସି କମିସନର୍ ସଞ୍ଜୟ ସିଂହ କହିଛନ୍ତି।

## ୨୪ ଘଂଟାରେ ୧୫୨୫ ଆକ୍ରାନ୍ତ ସୁସ୍ଥ

ଭୁବନେଶ୍ୱର, ୭।୮(ପି.ଏନ) : ରାଜ୍ୟରେ ଆଜି ୧୫୨୫ ଜଣ ଆକ୍ରାନ୍ତ କରୋନା ସଂକ୍ରମଣରୁ ସୁସ୍ଥ ହୋଇଛନ୍ତି। ଏଥି ସହିତ ରାଜ୍ୟରେ କରୋନାରୁ ସୁସ୍ଥଙ୍କ ସଂଖ୍ୟା ୯ ଲକ୍ଷ ୬୮ ହଜାର ୪୫୩ରେ ପହଂଚିଛି। ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଟୁଇଟ୍ ଜରିଆରେ ଏହି ସୂଚନା ଦିଆଯାଇଛି ।ସ୍ୱାସ୍ଥ୍ୟ ବିଭାଗର ସୂଚନା ଅନୁସାରେ ଖୋର୍ଦ୍ଧା ଜିଲ୍ଲାରୁ ସର୍ବାଧିକ ୩୯୮ ଜଣ ଓ କଟକ ଜିଲ୍ଲାରୁ ୨୩୯ ଜଣ କରୋନା ଆକ୍ରାନ୍ତ ସୁସ୍ଥ ହୋଇଛନ୍ତି। ଜଗତସିଂହପୁରରୁ ୯୫, ବାଲେଶ୍ୱର ଓ ପୁରୀରୁ ୮୪ ଜଣ ଲେଖାଏଁ , ଭଦ୍ରକରୁ ୭୧, ଯାଜପୁରରୁ ୭୦, ଅନୁଗୁଳରୁ ୫୧, କେନ୍ଦ୍ରାପଡ଼ାରୁ ୫୦, ଢେଙ୍କାନାଳରୁ ୪୫ ଓ ମୟୂରଭଂଜରୁ ୩୮ ଜଣ ଆକ୍ରାନ୍ତ କରୋନାରୁ ସୁସ୍ଥ ହୋଇଛନ୍ତି ।ସେହିଭଳି ନୟାଗଡ଼ରୁ ୩୮, ସୁନ୍ଦରଗଡ଼ରୁ ୨୬, ସମ୍ବଲପୁରରୁ ୧୮, ସୁବର୍ଣ୍ଣପୁରରୁ ୧୭, ରାୟଗଡ଼ାରୁ ୧୬, କନ୍ଧମାଳ ଓ କେନ୍ଦୁଝରରୁ ୧୧ ଲେଖାଏଁ, ବଲାଙ୍ଗୀର ଓ ମାଲକାନଗିରିରୁ ୧୦ ଜଣ ଲେଖାଏଁ , ଗଂଜାମରୁ ୮, ବୌଦ୍ଧ ଓ ଗଜପତିରୁ ୭-୭, ନବରଂଗପୁରରୁ ୬, ବରଗଡ଼, କଳାହାଣ୍ଡି ଓ କୋରାପୁଟରୁ ୫ ଜଣ ଲେଖାଏଁ, ଝାରସୁଗୁଡ଼ାଓ ନୂଆପଡ଼ାରୁ ୩ ଜଣ ଲେଖାଏଁ ଓ ରାଜ୍ୟପୁଲରୁ ୯୪ ଜଣ କରୋନାରୁ ସୁସ୍ଥ ହୋଇଛନ୍ତି।

## ଅନନ୍ତ ସେବା ଫାଉଣ୍ଡେସନ ଦ୍ୱାରା ବିଦ୍ୟାସେବା ସ୍କଲାରସିପ୍‌ର ଚୂଡାନ୍ତ ସୂଚୀ ଘୋଷଣା

### ମହାରାଷ୍ଟ୍ର ଏବଂ ପଶ୍ଚିମବଙ୍ଗରୁ ସର୍ବାଧିକ ବାଳିକାମାନଙ୍କ ବାଜିମାତ୍

କୋଲକାତା,୭।୮(ପି.ଏନ) : କୋଲକାତା ସ୍ଥିତ ଅନନ୍ତ ସେବା ଫାଉଣ୍ଡେସନ ତରଫରୁ ଏହା ମଧ୍ୟରେ ବର୍ଷ ୨୦୨୧-୨୨ ନିମନ୍ତେ ବିଦ୍ୟାସେବା ସ୍କଲାରସିପ୍ ଘୋଷଣା କରାଯାଇଛି। ଏହି ସଂସ୍ଥା ପୂର୍ବରୁ ବିଭିନ୍ନ ସୁବିଧାସୁଯୋଗରୁ ବଞ୍ଚିତ ଅଷ୍ଟମ ଶ୍ରେଣୀରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରୀମାନଙ୍କ ମଧ୍ୟରେ ଶିକ୍ଷାର ପ୍ରସାର ପାଇଁ ଏପ୍ରିଲ ୨୦୨୧ରେ ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲା ।ଚୂଡ଼ାନ୍ତ ସୂଚୀ ଘୋଷଣା କରିବା ଅବସରରେ ଅନନ୍ତ ସେବା ଫାଉଣ୍ଡେସନର ନିର୍ଦ୍ଦେଶକ ଶ୍ରୀଯୁକ୍ତ କୌଶିକ ସିହ୍ନା କହିଛନ୍ତି "ବିଭିନ୍ନ ସୁବିଧାସୁଯୋଗରୁ ବଞ୍ଚିତ ପରିବାରରୁ ଆସିଥିବା ୮୦ ଜଣ ମେଧାବୀ ଛାତ୍ରୀମାନଙ୍କୁ ଆମ କାର୍ଯ୍ୟକ୍ରମରେ ସାମିଲ କରିଥିବାରୁ ଆମେ ଅତ୍ୟନ୍ତ ଉତ୍ସାହିତ। ଆମେ ପାଇଥିବା ୫୦୦ ଦରଖାସ୍ତ ମଧ୍ୟରୁ ବିଭିନ୍ନ ଅନୁସନ୍ଧାନ ଓ ପରୀକ୍ଷା ନିରୀକ୍ଷା ପରେ ଏହି ଚୂଡାନ୍ତ ସୂଚୀ ଘୋଷଣା କରିଛୁ। ଆବେଦନ କରିଥିବା ଅଧିକାଂଶ ଛାତ୍ରୀମାନେ ଅଧିକରୁ ଅଧିକ ସ୍କୋର କରିଥିବାରୁ, ସେମାନଙ୍କ ମଧ୍ୟରୁ ନିର୍ଦ୍ଦିଷ୍ଟ ସଂଖ୍ୟକ ଛାତ୍ରୀଙ୍କୁ ଚୟନ କରିବା ବାସ୍ତବରେ ଆମ ପକ୍ଷରେ ଅତ୍ୟନ୍ତ କଷ୍ଟସାଧ ବ୍ୟାପାର ଥିଲା। ଏହି ଚୂଡାନ୍ତ ସୂଚୀରେ ୯ଟି ରାଜ୍ୟର ଛାତ୍ରୀମାନଙ୍କୁ ଅନ୍ତର୍ଭୁକ୍ତ କରାଯାଇଛି। ସର୍ବାଧିକ ୪୦ ଜଣ ଛାତ୍ରୀ ମହାରାଷ୍ଟ୍ରରୁ ଆସିଥିବା ବେଳେ ପଶ୍ଚିମବଙ୍ଗ ଏବଂ କର୍ଣ୍ଣାଟକରୁ କ୍ରମାନୁସାରେ ୧୬ ଏବଂ ୧୨ ଜଣ ଲେଖାଏଁ ଛାତ୍ରୀ ଏହି ସ୍କଲାରସିପ୍ ଅକ୍ତିଆର କରିଛନ୍ତି। ପଶ୍ଚିମାଞ୍ଚଳର ସର୍ବାଧିକ ସଂଖ୍ୟକ ଛାତ୍ରୀମାନେ ଏହି ବୃତ୍ତି ଅକ୍ତିଆର କରିଥିବା ବେଳେ ଅଧିକାଂଶ ଛାତ୍ରୀ +୨ ପ୍ରଥମ ବର୍ଷର ବୋଲି ଜଣାପଡ଼ିଛି।" ଏହି କ୍ରମରେ ବିଦ୍ୟାସେବା ୨୦୨୧ : ଜିଓ ବିତରଣ- ଉତ୍ତର : ୧%, ଦକ୍ଷିଣ : ୧୯%, ପୂର୍ବ : ୨୧% ଏବଂ ପଶ୍ଚିମ : ୫୯%। କ୍ଲାସ୍ ବ୍ରେକ୍‌ଅପ୍ : ଦ୍ୱାଦଶ ଶ୍ରେଣୀ : ୩୩%, ଏକାଦଶ ଶ୍ରେଣୀ : ୩୫%, ଦଶମ ଶ୍ରେଣୀ : ୨୯% ଏବଂ ନବମ ତଥା ତା'ଠାରୁ କମ୍ : ୧୩%।

ଶ୍ରୀଯୁକ୍ତ ସିହ୍ନା ଆହୁରି ମଧ କହିଛନ୍ତି "ସ୍କଲାରସିପ୍ ପାଇଥିବା ସମସ୍ତ ଛାତ୍ରୀମାନଙ୍କ ଯୋଗାଯୋଗରେ ଆମେ ରହିବା ସହିତ କଥିତ ପରିମାଣର ଛାତ୍ରବୃତ୍ତି ତତ୍କାଳ ହସ୍ତାନ୍ତର କରିବାକୁ ଯଥା ସମ୍ଭବ ଚେଷ୍ଟା କରୁଛୁ, ଯାହାକି ସେମାନଙ୍କୁ ଶିକ୍ଷାକ୍ଷେତ୍ରରେ ଅଗ୍ରସର ହେବାକୁ ପ୍ରୋତ୍ସାହିତ କରିବ।"

ଅଧିକ ବିବରଣୀ ପାଇଁ ଯୋଗାଯୋଗ କରନ୍ତୁ : ମନିଶ ତାପରିଆ, ଅନନ୍ତ ସେବା ଫାଉଣ୍ଡେସନ, ଫୋନ୍ : +୯୧ ୯୮୭୪୫୬୬୮୮୭

## ବଜରଙ୍ଗ ପୁନିଆଙ୍କୁ ଶୁଭେଚ୍ଛା ଜଣାଇଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୭।୮(ପି.ଏନ): ଟୋକିଓ ଅଲିମ୍ପିକ୍ ୨୦୨୦ରେ ଟିମ୍ ଇଣ୍ଡିଆ ପାଇଁ ପୁରୁଷ ଫ୍ରି-ଷ୍ଟାଇଲ୍ ୬୫ କେଜି ରେସଲିଂରେ ବଜରଙ୍ଗ ପୁନିଆ ଅଲିମ୍ପିକ୍ କ୍ରୀଡ଼ାରେ ପ୍ରଥମ ଥର ପାଇଁ ଭାଗ ନେଇ ବିପୁଳ ବିଜୟ ହାସଲପୂର୍ବକ ବ୍ରୋଞ୍ଜ ପଦକ ହାସଲ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ଟୁଇଟ୍ କରି ମୁଖ୍ୟମନ୍ତ୍ରୀ ଶୁଭେଚ୍ଛା ଜଣାଇବା ସହ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

## ମୁଖ୍ୟ ଶାସନ ସଚିବ ଓ ୫-ଟି ସଚିବଙ୍କ ସୁନ୍ଦରଗଡ ଗସ୍ତ

ଭୁବନେଶ୍ୱର, ୭।୮(ପି.ଏନ) : ମୁଖ୍ୟ ଶାସନ ସଚିବ ସୁରେଶ ଚନ୍ଦ୍ର ମହାପାତ୍ର, ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-ଟି) ଭି.କେ. ପାଣ୍ଡିଆନ୍, ଜାତୀୟ ସ୍ୱାସ୍ଥ୍ୟ ମିଶନର ନିର୍ଦ୍ଦେଶିକା ଶ୍ରୀମତୀ ଶାଳିନୀ ପଣ୍ଡିତ ଓ ମୁଖ୍ୟମନ୍ତ୍ରୀଙ୍କ ସ୍ୱତନ୍ତ୍ର ସଚିବ ଆର. ଭିଳିନ୍ କ୍ରିଷ୍ଣା ଶନିବାର ସୁନ୍ଦରଗଡ ଜିଲ୍ଲା ଗସ୍ତରେ ଯାଇ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି ।ଏହି ସଚିବ ସ୍ତରୀୟ ପ୍ରତିନିଧି ଦଳ କୁନ୍ଦୁକେଲାସ୍ଥିତ ୩୩/ ୧୧ କେଭି ବିଦ୍ୟୁତ ଗ୍ରୀଡ ସବ୍‌ଷ୍ଟେସନ, ଭେଡାବାହାଲ କୋଲ୍ କରିଡର, ଭବାନୀପୁର ଠାରେ ଆଧୁନିକ ବାଲା ମଡେଲରେ ନିର୍ମିତ ଅଙ୍ଗନବାଡୀ କେନ୍ଦ୍ର ଏବଂ କିଂଜିରିମା ସରକାରୀ ହାଇସ୍କୁଲର ରୂପାନ୍ତରଣ କାର୍ଯ୍ୟ ବୁଲି ଦେଖିଥିଲେ। ଏହାସହିତ ଶିକ୍ଷା, ମହିଳା ଓ ଶିଶୁବିକାଶ, ପୋଷଣ, ଜୀବିକା, ସଂଯୋଗୀକରଣ, ପାନୀୟ ଜଳ, କୃଷି ଓ ଜଳସେଚନ ଆଦି ବିଭିନ୍ନ କାର୍ଯ୍ୟକ୍ରମର ଅଗ୍ରଗତି ସଂପର୍କରେ ମଧ ସମୀକ୍ଷା କରିଥିଲେ ।ଏଥିସହ କୋଭିଡ ମହାମାରୀର ସମ୍ଭାବ୍ୟ ତୃତୀୟ ଲହରର ମୁକାବିଲା ଲାଗି ସ୍ୱାସ୍ଥ୍ୟ ଭିତିଭୂମିର ପ୍ରସ୍ତୁତି ଏବଂ ବିଶେଷ କରି ଶିଶୁମାନଙ୍କ ଚିକିତ୍ସା ଲାଗି ଆଇସିୟୁ ତଥା ଆବଶ୍ୟକୀୟ ବ୍ୟବସ୍ଥା ସଂପର୍କରେ ସୁନ୍ଦରଗଡସ୍ଥିତ ଏନଟିପିସି କୋଭିଡ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରି ଅନୁଧ୍ୟାନ କରିଥିଲେ । ଏତଦ୍ ବ୍ୟତୀତ ଜିଲ୍ଲାରେ କ୍ରୀଡା ଭିତିଭୂମି ସଂପର୍କରେ ମଧ ବୈଠକରେ ଆଲୋଚନା କରାଯାଇଥିଲା ।ରାଜ୍ୟ ସରକାରଙ୍କର ୫-ଟି କାର୍ଯ୍ୟକ୍ରମ ଅଧୀନରେ ଜିଲ୍ଲାର ୫୦ଟି ସରକାରୀ ହାଇସ୍କୁଲର ରୂପାନ୍ତର କାମ ଅକ୍ଟୋବର ସୁଦ୍ଧା କରାଯିବ ବୋଲି ନିଷ୍ପତି ହୋଇଛି । ୫୦ଟି ହାଇସ୍କୁଲ ମଧ୍ୟରୁ ଏହି ସଚିବସ୍ତରୀୟ ଦଳ କିଞ୍ଜିରିମା ସରକାରୀ ହାଇସ୍କୁଲ ବୁଲି ଦେଖିଥିଲେ। ସେମାନେ ସ୍ମାର୍ଟ କ୍ଲାସରେ ବସି ଷ୍ଟୁଡିଓରେ ଥିବା ଶିକ୍ଷୟତ୍ରୀ ଏବଂ ଅନ୍ୟ ଏକ କକ୍ଷରେ ବସି ପଢୁଥିବା ଛାତ୍ରଛାତ୍ରୀଙ୍କ ସହ ଭର୍ଚୁଆଲ ମାଧ୍ୟମରେ କଥାବାର୍ତା କରିଥିଲେ । ସୁନ୍ଦରଗଡ ସଦରର ଭବାନୀପୁରରେ ବାଲା ମଡେଲରେ ନିର୍ମିତ ଆଧୁନିକ ଅଙ୍ଗନବାଡୀ କେନ୍ଦ୍ର ମଧ ସେମାନେ ପରିଦର୍ଶନ କରିଥିଲେ। ଛୋଟ ଛୋଟ ପିଲାଙ୍କ ଶିକ୍ଷାକୁ ଆନନ୍ଦମୟ କରିବାପାଇଁ ବାଲା ମଡେଲରେ ସଂପୂର୍ଣ୍ଣ ନୂଆ ଢାଂଚାରେ ଅଙ୍ଗନବାଡୀ କେନ୍ଦ୍ର ତିଆରି କରାଯାଇଛି। ଏହାର ଆସବାପତ୍ର ଓ କାନ୍ଥବାଡ ଠାରୁ ଆରମ୍ଭ କରି ସଂପୂର୍ଣ୍ଣ ପରିବେଶ ପିଲାଙ୍କ ଶିକ୍ଷା ପାଇଁ ଆକର୍ଷଣୀୟ କରାଯାଇଛି। ସୁନ୍ଦରଗଡ ଜିଲ୍ଲାରେ ଥିବା ସମସ୍ତ ଅଙ୍ଗନବାଡୀ କେନ୍ଦ୍ର ସହିତ ନୂଆ ଅଙ୍ଗନବାଡୀ କେନ୍ଦ୍ର ଗୁଡିକୁ ଏହି ବାଲା ମଡେଲରେ ନିର୍ମାଣ କରାଯାଉଛି। ଏହି କାର୍ଯ୍ୟକ୍ରମରେ ସୁନ୍ଦରଗଡର ଜିଲ୍ଲାପାଳ, ଜିଲ୍ଲାର ଏସ୍.ପି ଓ ଜିଲ୍ଲା ଗ୍ରାମ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ପ୍ରମୁଖ ଉପସ୍ଥିତ ଥିଲେ ।


MAHARISHI PUBLIC SCHOOL



2021-2022

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

(Special discount for new admission before 15.03.2021)

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada








# ଟି ଟାଇମ୍

## ବର ମାରେ ୩ଥର ଶର



ବିଭିନ୍ନ ଦେଶରେ ଭିନ୍ନ ଭିନ୍ନ ଜାତିର ଲୋକ ବାସ କରନ୍ତି । ଏଥିପାଇଁ ସମସ୍ତଙ୍କର ରୀତିନୀତି ମଧ୍ୟ ଭିନ୍ନ ଭିନ୍ନ । ବିବାହ ସମୟରେ ପାଳନ କରାଯାଉଥିବା ପରମ୍ପରା ମଧ୍ୟ ଅନେକ ପ୍ରକାର ରହିଥାଏ । ବିବାହକୁ ନେଇ ଚୀନ୍‌ରେ ଏକ ଭିନ୍ନ ପରମ୍ପରା ରହିଛି । ଚୀନ୍‌ର ୟୁଗୁର ସମ୍ପ୍ରଦାୟରେ ଦୁଇ ଦିନ ପର୍ଯ୍ୟନ୍ତ ଚାଲିଥିବା ଏହି ବିବାହ ମହୋତ୍ସବରେ ପ୍ରଥମେ ପ୍ରଥମେ ବଡ଼ ଧୁମ୍‌ଧାମ୍‌ରେ ବର ବଧୂଙ୍କର ବିବାହ କରାଯାଇଥାଏ । ପରେ ଏଠାରେ ରୀତିନୀତି ଅନୁସାରେ ବରକୁ ତିନିଥର ନିଜ ବଧୂକୁ ଧନୁଶରରେ ମାରିବାକୁ ପଡିଥାଏ । ଭଲକଥା ଏହା ହେଉଛି କି ତୀରର ଅଗ୍ରଭାଗରେ ଲାଗିଥିବା ଲୁହାକୁ କଢାଯାଇଥାଏ । କାରଣ ଏହାଫଳରେ ବଧୂ କିମ୍ବା ଅନ୍ୟ କାହାରିକୁ ଆଘାତ ନଲାଗେ । ଏହାପରେ ବର ଏହି ତୀର ଏବଂ ଧନୁକୁ ଭାଙ୍ଗି ଦେଇଥାଏ । ଏସବୁ ଏଥିପାଇଁ କରାଯାଇଥାଏ କାରଣ ବର ଏବଂ ବଧୂ ବୈବାହିକ ଜୀବନ ସୁଖମୟ ହେବା ସହିତ ସମ୍ପର୍କ ମଜଭୁତ ହୋଇଥାଏ ।

## ପୁରାଣ କାହାଣୀ

# ମା’କାଳୀ ଓ ରାମକୃଷ୍ଣ ପରମହଂସ

ହିନ୍ଦୁ ଧର୍ମରେ କାର୍ତ୍ତିକ ମାସକୁ ଧର୍ମର ମାସ ବୋଲି କୁହାଯାଏ । କାହିଁକିନା ଏହି ମାସରେ ନାନା ପର୍ବପର୍ବାଣି ପଡ଼ିଥାଏ ଓ ସମସ୍ତେ ଓଷା ବ୍ରତ କରି ପୁଣ୍ୟ ଅର୍ଜନ କରିବାକୁ ଚାହିଁଥାନ୍ତି । ଇତିମଧ୍ୟରୁ କାର୍ତ୍ତିକ ଅମାବାସ୍ୟା ଅନ୍ୟତମ । କାର୍ତ୍ତିକ ଅମାବାସ୍ୟାକୁ ବଡ଼ ଦୀପାବଳି ବୋଲି କୁହାଯାଏ । କାରଣ ଏହି ଦିନ ଲକ୍ଷ୍ମୀ ଓ ଗଣେଷଙ୍କୁ ପୂଜା କରାଯାଏ । ଏହି ଦିନ ମା’ଦୁର୍ଗାଙ୍କ ଚାମୁଣ୍ଡା ବା ଚଣ୍ଡି ରୂପ ଧାରଣ କରି ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦିଙ୍କୁ ବିନାଶ କରି ଦେବଗଣଙ୍କୁ ମୁକ୍ତ କରିଥିଲେ ଓ ଶାନ୍ତି ଫେରାଇ ଆଣିଥିଲେ । ଏଥିପାଇଁ ବାଣ, ରୋଷଣି ଓ ଦୀପାବଳିର ଉତ୍ସବ ମାଧ୍ୟମରେ ଏହି ପର୍ବ ପାଳନ କରାଯାଏ ।



ଚଣ୍ଡିପୁରାଣ ଓ ମାର୍କଣ୍ଡେୟ ପୁରାଣ ଅନୁଯାୟୀ ଶୁମ୍ଭ, ନିଶୁମ୍ଭ, ଚଣ୍ଡ, ମୁଣ୍ଡ ଓ ରକ୍ତବୀର୍ଯ୍ୟ ଇତ୍ୟାଦି ଅସୁରମାନେ ଦେବୀ ଦୁର୍ଗାଙ୍କୁ ଧରିବା ପାଇଁ ସୈନ୍ୟ ସାମନ୍ତ ଧରି ଆସିଥିଲେ । ସେମାନଙ୍କର ଦେବୀ ଦୁର୍ଗାଙ୍କ ସହ ଯୁଦ୍ଧ ମଧ୍ୟ ହେଲା । ସବୁ ରାକ୍ଷସ ମଧ୍ୟରେ ଥିବା ରକ୍ତବୀର୍ଯ୍ୟ ରାକ୍ଷସ ବ୍ରହ୍ମାଙ୍କଠାରୁ ବରଦାନ ପ୍ରାପ୍ତ କରିଥିଲା । ତା’ଶରୀରର ଗୋଟିଏ ରକ୍ତବିନ୍ଦୁ ଭୂମିଷ୍ଠ ହେଲେ ସେଥିରୁ ତା’ ଭଳି ଅନେକ ରାକ୍ଷସ ଜନ୍ମନେବେ । ଏପରି ସ୍ଥଳରେ ରକ୍ତବୀର୍ଯ୍ୟର ଉତ୍ପାତକୁ ବିନାଶ କରିବା ପାଇଁ ମା’ଦୁର୍ଗା କାଳୀ ରୂପ ଧାରଣ କରିଥିଲେ ଓ ରକ୍ତବୀର୍ଯ୍ୟର ଗୋଟିଏ ବି ରକ୍ତ ବିନ୍ଦୁ ଭୂମିଷ୍ଠ ହେବାକୁ ଦେଇନଥିଲେ । ସେତେବେଳେ ସେ ଏତେ କ୍ଷୁବ୍ଧ ଥିଲେ ଯେ, ଯେପରି ସବୁ ସୃଷ୍ଟି ଧ୍ୱଂସ ପାଇଯିବ । ଏ ବିଷୟ ମହାଦେବ ଜାଣିପାରି ତାଙ୍କୁ ଅଟକାଇବା ପାଇଁ ତାଙ୍କ ସମ୍ମୁଖରେ ପଡ଼ିଗଲେ । ତଥାପି ସେ ରାଗରେ ଥିବାରୁ ମହାଦେବଙ୍କ ଉପରେ ପାଦ ରଖିଦେଇଥିଲେ । ଯେତେବେଳେ ସେ ଶିବଙ୍କୁ ତାଙ୍କ ପାଦ ତଳେ ଦେଖିବାକୁ ପାଇଲେ ସେତେବେଳେ ହଠାତ ଜିଭ କାମୁଡ଼ି ଦେଇଥିଲେ । ପରେ ସେ ପ୍ରକୃତିସ୍ଥ ଏବଂ ସ୍ଥିତପ୍ରଜ୍ଞ ହୋଇଗଲେ । ମା’ଙ୍କର ସେହି ମହାକାଳୀ ରୂପକୁ ଆଜିର ଦିନରେ ପୂଜା କରାଯାଏ । ସେହି ମା’ ହିଁ ଆଦ୍ୟାଶକ୍ତି, ସେ ହିଁ ସୃଷ୍ଟି ଓ ପ୍ରଳୟ । ଯୁଗେ ଯୁଗେ ଦୁଷ୍ଟ ଶକ୍ତିକୁ ସଂହାର କରିବା ପାଇଁ ମା’କାଳୀ ରୂପ ଧାରଣ କରି ଧରା ପୃଷ୍ଠରେ ଅବତରଣ କରନ୍ତି ।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି । ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ । ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଳୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ମଧୁମେହଜନିତ ଦୃଷ୍ଟିହୀନ ଚିକିତ୍ସାର ନୂଆ ଦିଗ

ମଧୁମେହ ଯୋଗୁଁ ଦୃଷ୍ଟିହୀନତାର ଶିକାର ହେଇଥିବା ରୋଗୀଙ୍କ ଦୃଷ୍ଟିଶକ୍ତି ଫେରାଇ ଆଣିବା ଦିଗରେ ଆମେରିକାର ଗବେଷକମାନେ ନୂଆ ଉପାୟ ବାହାର କରିଛନ୍ତି। ମଧୁମେହ ଯୋଗୁଁ ଚକ୍ଷୁର ଦୃଶ୍ୟପଟଳ (ରେଟିନା) ପ୍ରଭାବିତ ହୋଇ ରୋଗୀ ଦୃଷ୍ଟିଶକ୍ତି ହରାଇଥାଏ। ଦୁର୍ବଳ ରକ୍ତ ଧମନୀରୁ



ରକ୍ତ କିମ୍ବା ଫ୍ଲୁଇଡ ନିର୍ଗତ ହୋଇ ରେଟିନାକୁ କ୍ଷତି ପହଞ୍ଚାଇଥାଏ। ଚକ୍ଷୁର ରକ୍ତ ଧମନୀକୁ (ଲେଜର ସିଲିଂ) ପ୍ରୋଟିନ ଚର୍ବିର ଆବରଣ ଦ୍ୱାରା ସୁରକ୍ଷିତ ରଖିବା ସହିତ ଏହାକୁ ପରିବର୍ତ୍ତନ କରାଗଲେ ଦୃଷ୍ଟିଶକ୍ତି ଫେରିପାରିବ। ଆମେରିକାର ଏକ ଜର୍ଣ୍ଣାଲରେ ପ୍ରକାଶ ପାଇଥିବା ତଥ୍ୟ ଅନୁଯାୟୀ ଜନ ହପକିନ୍ସ ବିଶ୍ୱବିଦ୍ୟାଳୟ ଓ ୟୁନିଭରସିଟି ଅଫ ମେରିଲାଣ୍ଡର ଗବେଷକମାନେ ଏହି ସଫଳତା ପାଇଛନ୍ତି। ଆମେରିକାର ୪୫% ମଧୁମେହ ରୋଗୀ ଦୃଷ୍ଟିହୀନତାର ଶିକାର ହୋଇଥାନ୍ତି। ଲେଜର ସିଲିଂ ଦ୍ୱାରା ଏହାର ଚିକିତ୍ସା କରାଯିବା ସମ୍ଭବ। ନିକଟରେ ବାହାର କରାଯାଇଥିବା କେତେକ ଔଷଧ ଯଥା ବେଭାସିଜୁମାବ, ରାନିବିଜୁମାବ ଓ ଆଫଲିବେରସେପ୍ଟ ଏହି ଚିକିତ୍ସା ପାଇଁ କିଛିଟା ସହାୟକ ହୋଇପାରିଛି।

# ସବୁଠାରୁ ଛୋଟିଆ ଗାଁ

ଦୁଇ ତିନି ଜଣ ଲୋକଙ୍କୁ ନେଇ ଗ୍ରାମ ଗଠିତ ହେବା କେବେ ଜାଣିଛନ୍ତି । ସେଭଳି ଏକ ଗ୍ରାମ ଦେଖିବାକୁ ମିଳିଛି ସ୍ପେନ୍‌ରେ । ବିଗତ ୪୫ବର୍ଷ ହେବ ସ୍ୱାମୀ-ସ୍ତ୍ରୀ ହିଁ ରହିଆସୁଛନ୍ତି ସେ ଗ୍ରାମରେ । ସ୍ପେନ୍‌ରେ ୧୯୩୬ ମସିହାରେ ଏକ ଗୃହଯୁଦ୍ଧ ଦ୍ୱାରା ହଜାର ହଜାର ସଂଖ୍ୟାର ଲୋକ ସହରକୁ ପଳାଇଥିଲେ । ସେତେବେଳେ ଏହି ଛୋଟ ଗ୍ରାମରେ କେବଳ ଏହି ଦମ୍ପତି ହିଁ ଏକଲା ରହିଯାଇଥିଲେ । ଏହି ଗ୍ରାମରେ ପୂର୍ବରୁ ପାଖାପାଖି ୨୦୦ଲୋକ ରହୁଥିଲେ । କିନ୍ତୁ ଏବେ ପୂରା ଗ୍ରାମରେ କେବଳ ଦୁଇ ଲୋକ ରହୁଛନ୍ତି । ଏହି ଦମ୍ପତି ହେଉଛନ୍ତି ୮୨ବର୍ଷୀୟ ସ୍ପେନିଆଡ୍ରସ ଜୁଆନ ମାର୍ଟିନ୍ ଏବଂ ୭୯ବର୍ଷୀୟା ସିନ୍‌ଫେରେସା କୋଲୋମର । ଏମାନଙ୍କ ପାଖରେ କିଛି ଡଜନ କୁକୁର ଏବଂ ବିଲେଇ ମଧ୍ୟ ରହିଛନ୍ତି । ଏହି ଦୁଇଜଣ ଚାଷ କରି ନିଜର ଗୁଜୁରାଣ ମେଣ୍ଟାନ୍ତି । ଏହି ଦମ୍ପତିଙ୍କ କାହାଣୀକୁ ନେଇ



‘ଜଙ୍ଗଲ୍ସ ଇନ୍ ପ୍ୟାରିସ’ ନାମକ ଏକ ଲଘୁ ଫିଲ୍ମ ମଧ୍ୟ ପ୍ରସ୍ତୁତ ହୋଇଗଲାଣି । ଦମ୍ପତିଙ୍କର ଗ୍ରାମ ସହିତ ଭାବନାତ୍ମକ ସମ୍ପର୍କ ଯୋଡ଼ି ହୋଇଯାଇଛି । ଯେଉଁ କାରଣରୁ ସେମାନେ ଗାଁ ଛାଡ଼ି କୁଆଡ଼େ ଯାଉନାହାନ୍ତି । ପୂର୍ବେ ଏ ଗ୍ରାମରେ ଜଣେ ମେୟର, ପୂଜାରୀ ଏବଂ ଶିକ୍ଷକ ସମସ୍ତେ ଥିଲେ । ଏକ ପ୍ରାକୃତିକ ଦୁର୍ବିପାକ ଘଟିବାରୁ ଅନେକ ମରିଗଲେ ଏବଂ ଅନେକ ସହରକୁ ଚାଲିଗଲେ, ସେବେଠାରୁ ସେ ଗାଁର ପୂର୍ବ ପରିସ୍ଥିତି ଫେରିନାହିଁ ।

# ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି



ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ ।

# ଆସିୟୁରେ ହେଲା ବିବାହ

ପୁଣେ ସହରର ଏକ ଡାକ୍ତରଖାନା ଆସିୟୁରେ ବାହାଘର ସମ୍ପନ୍ନ ହେବା ସହରରେ ବଡ଼ ଚର୍ଚ୍ଚାର ବିଷୟ ପାଲଟିଛି। ଭେଣ୍ଟିଲେଟରରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ବାପାଙ୍କ ଶେଷ ଇଚ୍ଛା ପୂରଣ ପାଇଁ ପୁଅ ଏହି ପଦକ୍ଷେପ ନେଇଥିଲେ। ୩୪ବର୍ଷିୟ ଧ୍ୟାନେସ ଏନ୍.ଦେବ ପେଶାରେ ଜଣେ ବ୍ୟବସାୟୀ ହୋଇଥିଲା ବେଳେ ତାଙ୍କ ବାପାଙ୍କର ଇଚ୍ଛା ଥିଲା ଧ୍ୟାନେସ ଏବଂ ସୁବର୍ଣ୍ଣାଙ୍କ ବିବାହ ଦେଖିବେ। ବାହାଘର ପାଇଁ ସମସ୍ତ ପ୍ରସ୍ତୁତି ଚାଲିଥିଲା ବେଳେ ହଠାତ୍ ଅସୁସ୍ଥ ହୋଇପଡିଥିଲେ ଧ୍ୟାନେସଙ୍କ ବାପା ନନ୍ଦ କୁମାର ଦେବ। ତୁରନ୍ତ ନନ୍ଦ କୁମାରଙ୍କୁ ଦିନାନାଥ ମଙ୍ଗେସକର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ହେଲେ ସେଠାରେ ତାଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖାଯାଇଥିଲା। ବାପାଙ୍କ ସ୍ୱାସ୍ଥ୍ୟବସ୍ଥାକୁ ଦୃଷ୍ଟିରେ ରଖି ଧ୍ୟାନେସ ସୁବର୍ଣ୍ଣାଙ୍କ ପରିବାର ସହ ଡାକ୍ତରଖାନାରେ ବିବାହ କରିବା ସମ୍ପର୍କରେ ଆଲୋଚନା କରିଥିଲେ। ଦୁଇ ପରିବାରର ସହମତି ପରେ ଏହି ଇଚ୍ଛାକୁ ଡାକ୍ତରଖାନା କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଥିଲା। ଆଉ ଏଥିରେ କର୍ତ୍ତୃପକ୍ଷ ମଧ୍ୟ ସହମତି ଦେଇଥିଲେ। ଦୁଇ ପରିବାରର କିଛି ସଦସ୍ୟଙ୍କ ଉପସ୍ଥିତିରେ ଆଇସିୟୁ ଭିତରେ ନନ୍ଦ କୁମାରଙ୍କ ଆଗରେ ଧ୍ୟାନେସ୍ ବରଣମାଳା ପିନ୍ଧାଇଥିଲେ ସୁବର୍ଣ୍ଣାଙ୍କୁ। ବିବାହର ୧୨ଘଣ୍ଟା ପରେ ଆଖି ବୁଜିଥିଲେ ନନ୍ଦ କୁମାର।



# ଆଜିର ଭାଗ୍ୟ



**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।



**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।



**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନ କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।



**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶ୍ରୁତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।



**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।



**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।



**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।



**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।



**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।



**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।



**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।



**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।




# ପବିତ୍ର କେଦାର ଗୌରୀ କୁଣ୍ଡର ଜଳ ବିଭିନ୍ନ ବର୍ଜ୍ୟବସ୍ତୁ ଦ୍ୱାରା ଦୂଷିତ



ଭୁବନେଶ୍ୱର (ପିଏନ୍)- ଭୁବନେଶ୍ୱରସ୍ଥ ପବିତ୍ର କେଦାରଗୌରୀ କୁଣ୍ଡର ଜଳ ବିଭିନ୍ନ ବର୍ଜ୍ୟବସ୍ତୁ ଦ୍ୱାରା ଦିନକୁ ଦିନ ଅପରିଷ୍କାର ଓ ଦୂଷିତ ହେବାରେ ଲାଗିଛି । ଏହି ପବିତ୍ର କୁଣ୍ଡରେ କୁଢ କୁଢ ପିଇବାପାଣିର ପ୍ଲାଷ୍ଟିକ ବୋତଲ, ଥଣ୍ଡା ପାନୀୟ ଫ୍ଲୁଟିର କାଗଜ ଖୋଳ ଓ ଅନ୍ୟାନ୍ୟ କାଗଜ ପତ୍ର ପଡି ଏହାର ପବିତ୍ର ପାଣି ଦୂଷିତ ହୋଇଯାଇଛି । ଏହାଛଡା ରକ୍ଷଣାବେକ୍ଷଣ ଅଭାବରୁ ଏହାର ପବିତ୍ର ଜଳରେ ନୀଳ ଶିଉଳୀର ଆସ୍ତରଣ ପଡିଯାଇ ଅପରିଷ୍କାର ହୋଇଯାଇଛି । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଏହି ପବିତ୍ର କୁଣ୍ଡର ଚାରିପାଖରେ ଅନନ୍ତ ବାସୁଦେବ ମନ୍ଦିର, ଗୁଆଝର ପୁଷ୍କରିଣୀ ଓ ପ୍ରଭୁ ଲିଙ୍ଗରାଜଙ୍କ ମନ୍ଦିର ଅବସ୍ଥିତ । ଏତଦ୍ ବ୍ୟତୀତ ରାତିରେ ଏହି ସ୍ଥାନ ପୁଅ ଓ ଝିଅମାନଙ୍କର ଆଡ୍ଡାସ୍ଥଳୀ ପାଲଟି ଥିଲେ ମଧ୍ୟ ଏଥିପ୍ରତି କାହାର ଦୃଷ୍ଟି ପଡୁନି । ମନ୍ଦିର ପ୍ରଶାସନ କି ଜନସାଧାରଣ କେହି ଏହି ପବିତ୍ର କୁଣ୍ଡପ୍ରତି ନଜର ଦେଉନାହାଁନ୍ତି । ମନ୍ଦିର ପ୍ରଶାସନ ଏ ଦିଗରେ ଉଚିତ୍ ପଦକ୍ଷେପ ନିଅନ୍ତୁ ବୋଲି ଜନସାଧାରଣରେ ଦାବୀ ହେଉଛି । ମନ୍ଦିରମାଳିନୀ ସହର ଭୁବନେଶ୍ୱରର ପରିବେଶକୁ ସୁରକ୍ଷା ଯୋଗାଇ ଦେବା ସମସ୍ତଙ୍କ ଗୁରୁ ଦାୟିତ୍ୱ । କିନ୍ତୁ କିଛି ନ୍ୟସ୍ତସ୍ୱାର୍ଥ ବ୍ୟକ୍ତିବିଶେଷଙ୍କ ଯୋଗୁଁ ଏକ ବିଶ୍ୱବିଖ୍ୟାତ ମନ୍ଦିର କେଦାରଗୌରୀର ପରିବେଶ ଦୂଷିତ ହେଉଅଛି, ଏଥିପ୍ରତି କାହାର ନିଘା ନାହିଁ । କରୋନା ମହାମାରୀ ସମସ୍ତଙ୍କୁ ପରିବେଶ ସୁରକ୍ଷା ପାଇଁ ନୀତିଶିକ୍ଷା ଦେଇଥିଲେ ମଧ୍ୟ ଏଭଳି କାର୍ଯ୍ୟ ଅତ୍ୟନ୍ତ ନିନ୍ଦନୀୟ ଓ ଦୁଃଖଦାୟକ । ମନ୍ଦିର କର୍ତ୍ତୃପକ୍ଷ ଏଥିପାଇଁ ନିତ୍ୟାନ୍ତ ଯତ୍ନବାନ ହେବା ଆବଶ୍ୟକ ବୋଲି ନାଗରିକ ସୂଚନା ଏବଂ ଆଇନ୍ ପ୍ରାଧିକରଣ କେନ୍ଦ୍ର , କଟକର ସଭ୍ୟ ଶ୍ରୀ ଦୀପକ କୁମାର ସାହୁ ଓ ଅନ୍ୟ ବୁଦ୍ଧିଜିବୀମାନେ ମତ ଦେଇଛନ୍ତି ।

# କେନ୍ଦୁଝର ଜିଲ୍ଲା ଓକିଲ ସଂଘ ନିର୍ବାଚନ: ସଭାପତି ଭାବେ ଆଶିଷ, ସମ୍ପାଦକ ଭାବେ ଆଲୋକ ପୁନଃନିର୍ବାଚିତ

କେନ୍ଦୁଝର (ପିଏନ୍): ରାଜ୍ୟରେ ଏକସଙ୍ଗେ ଅନୁଷ୍ଠିତ ହେଉଥିବା ସମସ୍ତ ଆଇନଜୀବି ସଂଘର ନିର୍ବାଚନ ପରିପ୍ରେକ୍ଷୀରେ କେନ୍ଦୁଝର ସଦର ମହକୁମାଠାରେ ଥିବା ଜିଲା ଓକିଲ ସଂଘର ନିର୍ବାଚନ ଶନିବାର ଦିନ ଶେଷ ହୋଇଛି । ଏଥିରେ ମୋଟ ୩୮୨ ଜଣ ସଦସ୍ୟଙ୍କ ମଧ୍ୟରୁ ୩୬୬ ଜଣ ମତଦାନ କରିଥିଲେ । ଗୁରୁତ୍ୱପୂର୍ଣ୍ଣ ସଭାପତି ପଦ ପାଇଁ ଆଶିଷ ଚକ୍ରବର୍ତ୍ତି ନିର୍ବାଚିତ ହୋଇଛନ୍ତି । ବିଜୟୀ ପ୍ରାର୍ଥୀ ଶ୍ରୀ ଚକ୍ରବର୍ତ୍ତି ୨୫୧ ଖଣ୍ଡ ଭୋଟ ପାଇଥିବାବେଳେ ତାଙ୍କ ନିକଟତମ ପ୍ରତିଦ୍ୱନ୍ଦୀ ଅଶୋକ କୁମାର ଦାସ ୧୧୦ ଟି ଭୋଟ ପାଇଛନ୍ତି । ଉପସଭାପତି ପଦ ପାଇଁ ରବୀନ୍ଦ୍ର କୁମାର ସେଠୀ ନିର୍ବାଚିତ ହୋଇଥିବା ସହ ତାଙ୍କ ନିକଟତମ ପ୍ରତିଦ୍ୱନ୍ଦୀ ସେକ ଶାହାବୁଦ୍ଦିନ ପରାସ୍ତ ହୋଇଛନ୍ତି । ରବୀନ୍ଦ୍ର ୧୬୬ଟି ଭୋଟ ପାଇଥିବାବେଳେ ଶାହାବୁଦ୍ଦିନ ୧୬୫ ଟି ଭୋଟ ପାଇ ମାତ୍ର ଗୋଟିଏ ଭୋଟ ବ୍ୟବଧାନରେ ରବୀନ୍ଦ୍ର ଜିତିଛନ୍ତି । ରୋଚକ କଥା ଯେ, ଗତ ନିର୍ବାଚନରେ ଶାହାବୁଦ୍ଦିନଙ୍କଠାରୁ ରବୀନ୍ଦ୍ର ଗୋଟିଏ ଭୋଟରେ ପରାଜିତ ହୋଇଥିବାବେଳେ ଏଥର ଗୋଟିଏ ଭୋଟରେ ରବୀନ୍ଦ୍ର ପୁରୁଣା ପ୍ରତିଦ୍ୱନ୍ଦୀ ଶାହାବୁଦ୍ଦିନଙ୍କୁ ହରାଇଛନ୍ତି । ସମ୍ପାଦକ ପାଇଁ ଆଲୋକ କୁମାର ମହାନ୍ତ ନିର୍ବାଚିତ ହୋଇଥିବାବେଳେ ସେ ୨୬୦ ଖଣ୍ଡ ଭୋଟ ପାଇଛନ୍ତି । ତାଙ୍କ ନିକଟତମ ପ୍ରତିଦ୍ୱନ୍ଦୀ ବିନୀତା ଦାଶ ୯୮ଭୋଟ ପାଇଛନ୍ତି । ଦୁଇଗୋଟି ଯୁଗ୍ମ ସମ୍ପାଦକ ପଦବୀ ପାଇଁ ସମ୍ବିତ କୁମାର ନାୟକ୧୬୬ଟି ଏବଂ ଅନ୍ତର୍ଯ୍ୟାମୀ ସାହୁ ୧୫୦ଟି ଭୋଟ ପାଇ ଜିତିଥିବାବେଳେ ନିକଟତମ ପ୍ରତିଦ୍ୱନ୍ଦୀ ସୁନୀଲ କୁମାର ମହାନ୍ତ ୧୪୮ଟି ଭୋଟ ପାଇ ମାତ୍ର ୨ଟି ଭୋଟରେ ହାରି ଯାଇଛନ୍ତି । ୫ଗୋଟି କାର୍ଯ୍ୟକାରୀ ସଦସ୍ୟ ପାଇଁ ଅନୀଲ କୁମାର ନନ୍ଦ, ସନ୍ତୋଷ କୁମାର ଦାସ,ତାରିଣୀ ପ୍ରସାଦ ପୋଥାଳ,ବିଶ୍ୱରଂଜନ ସାହୁ, ହଳଧର ମହାନ୍ତ ବିଜୟଲାଭ କରିଛନ୍ତି । ଶନିବାର ସକାଳ ୮ଟାରୁ ଏହି ନିର୍ବାଚନ ପ୍ରକ୍ରିୟା ଆରମ୍ଭ ହୋଇଥିବାବେଳେ ଅପରାହ୍ନ ୩ଟା ପର୍ଯ୍ୟନ୍ତ ଭୋଟ ଗ୍ରହଣ ଅନୁଷ୍ଠିତ ହୋଇ ଅପରାହ୍ନ ୪ଟାରେ ଗଣତି ଆରମ୍ଭ ହୋଇଥିଲା । ସଂଧ୍ୟା ୭ଟା ସୁଦ୍ଧା ଗଣତି ଶେଷ ହୋଇଥିଲା। ନିର୍ବାଚନ ଅଧିକାରୀ ଗୋପାଳକୃଷ୍ଣ ପରିଡ଼ା ଓ ସହ ନିର୍ବାଚନ ଅଧିକାରୀ ଜ୍ଞାନେନ୍ଦ୍ରନାଥ ଜେନା,ଅଜୟ ନାଥ, ଦେବାଶିଷ ରଣା, ହିମାଂଶୁ ମହାନ୍ତି, ନିର୍ମଳ ବଳ, କରୁଣାକର ବ୍ରହ୍ମ ଏହି ନିର୍ବାଚନକୁ ଶାନ୍ତିଶୃଙ୍ଖଳାର ସହ ପରିଚାଳନା କରିଥିଲେ। କରୋନା କଟକଣା ପାଇଁ ସମସ୍ତ ପ୍ରତିଷେଧକ ବ୍ୟବସ୍ଥା ସହ ବୁଥ ମଧ୍ୟକୁ ମୋବାଇଲ ଫୋନ, ପ୍ରାର୍ଥୀମାନେ କୌଣସି ଫ୍ଲେକ୍ସ, ବ୍ୟାନର ଲଗାଇ ନଥିବାବେଳେ ସଦସ୍ୟମାନେ ବାର ଆସୋସିଏସନ ପ୍ରଦତ୍ତ ପରିଚୟ ପତ୍ର ଦେଖାଇ ଭୋଟ ପ୍ରଦାନ କରିଥିଲେ । ସୂଚନାଯୋଗ୍ୟ ଯେ, ଏହା ପୂର୍ବରୁ ଗତ ଡିସେମ୍ବର ୧୨ ତାରିଖରେ ଏହି ଓକିଲ ସଂଘ ପାଇଁ ନିର୍ବାଚନ ଅନୁଷ୍ଠିତ ହୋଇ ଆଶିଷ ଚକ୍ରବର୍ତ୍ତୀ ସଭାପତି ଏବଂ ଆଲୋକ ମହାନ୍ତ ସମ୍ପାଦକ ଭାବେ ନିର୍ବାଚିତ ହୋଇଥିଲେ । ନବନିର୍ବାଚିତ କର୍ମକର୍ତ୍ତାମାନେ ଆସନ୍ତା ଏକବର୍ଷ ପାଇଁ ଦାୟିତ୍ୱ ସମ୍ପାଦନ କରିବେ ବୋଲି ଜଣାପଡିଛି ।

# ହରିଚନ୍ଦନପୁର ବ୍ଲକ ମଣ୍ଡଳ ବିଜେପିର କାର୍ଯ୍ୟକାରିଣୀ ବୈଠକ

ହରିଚନ୍ଦନପୁର (ପିଏନ୍): ହରିଚନ୍ଦନପୁର ବ୍ଲକ ମଣ୍ଡଳ ପକ୍ଷରୁ କାଦୁଅଡିହା ଆଇଟିଆଇ ହଲ୍ ଠାରେ ବିଜେପିର କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହୋଇଯାଇଛି । ମଣ୍ଡଳ ସଭାପତି ଜୟକୃଷ୍ଣ ମହା'ଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ପୂର୍ବତନ ବିଧାୟକ ଧନୁର୍ଜୟ ସିଦ୍ଧୁ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଦଳକୁ ମଜଭୁତ କରିବାକୁ ହେଲେ ତୃଣମୂଳ ସ୍ତରରୁ କାର୍ଯ୍ୟକର୍ତ୍ତା ମାନଙ୍କୁ କଠିନ ପରିଶ୍ରମ କରିବାକୁ ପଡିବ ବୋଲି କହିଥିଲେ । ମୋଦିଙ୍କ ଲୋକାଭିମୁଖି ଯୋଜନା ଲୋକଙ୍କ ପାଖରେ ପହଞ୍ଚାଇବାକୁ କାର୍ଯ୍ୟକର୍ତ୍ତା ମାନଙ୍କୁ ପରାମର୍ଶ ଦେଇଥିଲେ । ହରିଚନ୍ଦନପୁର ବ୍ଲକ ତଥା ତେଲକୋଇ ନିର୍ବାଚନ ମଣ୍ଡଳୀର ବିକାଶ ପାଇଁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ପ୍ରାୟସ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ପ୍ରଚୁର ଅର୍ଥ ପ୍ରଦାନ କରୁଥିବା ବେଳେ ରାଜ୍ୟ ସରକାର ନିଜ ନାଁରେ ଯୋଜନା କରି ବାହାବା ନେଉଛନ୍ତି । ଅର୍ଥକୁ ହରିଲୁଟ୍ କରିବା ପାଇଁ ପ୍ରଶାସନ ନିଜ ହାତରେ ରଖି ବାଧକ ସାଜୁଛି । ମୋଦିଙ୍କ ନୂଆ ଭାରତ ସ୍ୱପ୍ନ ସାକାର କରିବାକୁ ହେଲେ ଗରିବ ଆଦିବାସୀ ଲୋକଙ୍କ ପାଖରେ ଆମକୁ ପହଂଚିବାକୁ ପଡିବ ବୋଲି ଶ୍ରୀ ସିଦ୍ଧୁ କହିଥିଲେ । ଏଥିପାଇଁ ଚତୁର୍ଦ୍ଦଶ ଅର୍ଥ କମିଶନର ବର୍ଷକୁ ପଂଚାୟତକୁ ଜନସଂଖ୍ୟା ଅନୁପାତ ଆଧାରରେ ୨୦ଲକ୍ଷରୁ କୋଟିଏ ପର୍ଯ୍ୟ' ଅର୍ଥ ବ୍ୟୟବରାଦ କରାଯାଉଛି । ଏହି ଅର୍ଥ ସିଧା ସଳଖ ପଂଚାୟତ ସରପଂଚ ପଂଚାୟତର ବିକାଶ ପାଇଁ ପଂଚାୟତ ରାସ୍ତା, ଶ୍ମଶାନ ଗୃହ, ଆଲୋକୀକରଣ, ସ୍ୱଚ୍ଛ ଭାରତ ପାଇଁ ଖର୍ଚ୍ଚ ହେବା କଥା ମାତ୍ର ରାଜ୍ୟ ସରକାର ନିୟମକୁ ବଦଳାଇ ଏହିସବୁ କାମ ସରପଂଚ ବଦଳରେ ଯନ୍ତ୍ରୀଙ୍କ ଦ୍ୱାରା ୱାର୍କ ଅର୍ଡର ମାଧ୍ୟମରେ କରାଉଛନ୍ତି ଫଳରେ ସରପଂଚ ମାନଙ୍କ କ୍ଷମତା ସଙ୍କୁଚିତ ହେବା ସହ ଅର୍ଥ ହରିଲୁଟ୍ କରି ରାଜ୍ୟ ସରକାର ଦଳୀୟ ପାଣ୍ଠି ବଦଳାଇବାରେ ଲାଗି ପଡିଥିବା ଶ୍ରୀ ସିଦ୍ଧୁ କହିଛନ୍ତି । ବୈଠକରେ ରାଜନୈତିକ ଚିଠା ପ୍ରସ୍ତାବକୁ ଜିଲ୍ଲା କାର୍ଯ୍ୟକାରିଣୀ ସଦସ୍ୟ ଅଭିମନ୍ୟୁ ସାହୁ ପାରିତ କରିଥିଲେ । ଏହି ବୈଠକରେ ଜିଲ୍ଲାର ପଦାଧିକାରୀ ଜିଲ୍ଲା କୃଷକ ମୋର୍ଚ୍ଚା ସଭାପତି ଅନ' ସାହୁ, ଜିଲ୍ଲା କାର୍ଯ୍ୟକାରିଣୀ ସଦସ୍ୟ ଅରମ ସିଂ, ଜିଲ୍ଲା କାର୍ଯ୍ୟାଳୟ ସହସମ୍ପାଦକ ଜୟଦେବ ଗିରି, ବିଜେପିର ଦୁଇ ପ୍ରଚାରକ ଇଂ ହିମାଦ୍ରୀ ଦାସ ଓ ଗଣେଶ ମହାକୁଡ, ପୂର୍ବତନ ମଣ୍ଡଳ ସଭାପତି ଶିରିଶ କୁମାର ସାହୁ, ନିର୍ବାଚନ ମଣ୍ଡଳୀ ମିଡିଆ ପ୍ରମୁଖ ଅଭୟ ରଥ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଘାସିନାଥ ପାଇକରାୟ, ବରିଷ୍ଠ କାର୍ଯ୍ୟକର୍ତ୍ତା ପ୍ରଦୀପ ପଣ୍ଡା, ଚତୁର୍ଭୁଜ ସାହୁ, ମଣ୍ଡଳ ସାଧାରଣ ସମ୍ପାଦକ ସୁଶା' ମହା', ପ୍ରତାପରୁଦ୍ର ସାହୁ, ଆଇଟି ସେଲ୍ ପ୍ରମୁଖ କ୍ଷେତ୍ରବାସୀ ମହା', ବ୍ରାହ୍ମଣୀପାଳ ମଣ୍ଡଳ ସଭାପତି କୃଷିକେଶ ମହା', ମାନୁ ସାହୁ, ରମା ସାହୁଙ୍କ ସହ ମଣ୍ଡଳର ସମସ୍ତ ପଦାଧିକାରୀ ତଥା ସମସ୍ତ ମୋର୍ଚ୍ଚା ସଭାପତି, ସମସ୍ତ ପଂଚାୟତ ପ୍ରମୁଖ ଏବଂ ହରିଚନ୍ଦନପୁର ମଣ୍ଡଳର ସମସ୍ତ ବିଜେପି କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ ।

# ଚୈତ୍ରମାସ : ହିଙ୍ଗୁଳା ଯାତ୍ରା



ଚୈତ୍ର ମାସ ମଙ୍ଗଳବାରରେ ମା' ମଙ୍ଗଳା ଏବଂ ହିଙ୍ଗୁଳାଙ୍କୁ ପଣାଦେଇ ପୂଜାର୍ଚ୍ଚନା କରାଯାଏ। ମା' ମଙ୍ଗଳା ବସନ୍ତ ଏବଂ ହଇଜା ରୋଗରୁ ରକ୍ଷାକାରୀ ବୋଲି ଧାର୍ମିକ ବିଶ୍ୱାସ। ସେହିପରି ହିଙ୍ଗୁଳା ଅଛନ୍ତି ଗୃହବିବାଦ ଦୂରୀକରଣର ଦେବୀ। ସେ ମଧ୍ୟ ସୁଖ ଓ ଶାନ୍ତି ପ୍ରଦାୟିନୀ ଦେବୀ।ଦଶ ମହାବିଦ୍ୟାର ଆଦ୍ୟାଶକ୍ତି ହେଉଛନ୍ତି ମହାକାଳୀ। ହିଙ୍ଗୁଳା ହେଉଛନ୍ତି ମହାକାଳୀଙ୍କର ଭିନ୍ନ ରୂପା। ସେ ଅଗ୍ନିସମ୍ଭୂତା, ସେହି ଧୂମାବତୀ ଏବଂ ଦଶ ମହାବିଦ୍ୟାର ଦେବୀଗଣ। ସେ ହିଁ ଅଗ୍ନି ଭିତରେ ନିଜକୁ ଲୁଚାଇ ରଖି ମାୟାମୃଗ ସାଜି ରାବଣ ହସ୍ତରେ ଧରା ଦେଇଥିବା ମାୟା ସୀତା, ସେ ପୁଣି ଅଯୋଧ୍ୟାକୁ ଫେରି ଅଗ୍ନିପରୀକ୍ଷା ଦେଇଥିବା ସୀତା। ଅର୍ଥାତ୍ ସେ ଅଗ୍ନିରୂପା। ତାଙ୍କୁ ଏପରି କହିବାର ଅର୍ଥ ଏହି ଯେ ଅଗ୍ନିର ଦାହିକା ଶକ୍ତି ସହ ଏକାକାର ହୋଇଯିବାର ମହାଭାବ। ସେ ଆଦ୍ୟାଶକ୍ତି ସଦା ବର୍ତ୍ତମାନ-ଦଶଦିଗ ପାଇଁ, ଆତ୍ମାରୁ ପରମାତ୍ମା ଏବଂ ସର୍ବୋପରି ସେ ସବୁରି ଉର୍ଦ୍ଧ୍ୱରେ।

ପୁରାଣମତେ ସ୍ୱାମୀ ଶିବଙ୍କୁ ଦକ୍ଷଯଜ୍ଞଙ୍କୁ ନିମନ୍ତ୍ରଣ ନଥିଲା। ତଥାପି ସତୀ ଗଲେ। ସେଠି



ଶିବଙ୍କ ପ୍ରତି ପିତାଙ୍କ ଅନ୍ୟାୟ ଆଚରଣ ଓ ଅପମାନ ସହି ନ ପାରି, ସେ ଯଜ୍ଞକୁଣ୍ଡରେ ଆତ୍ମହତ୍ୟା କଲେ। ଏହା ଜାଣିପାରି ଶିବ କ୍ରୋଧାନ୍ୱିତ ହୋଇ ସେଠାକୁ ଯାଇ ଧ୍ୱଂସର ତାଣ୍ଡବଲୀଳା ଆରମ୍ଭ କରିଦେଲେ ଏବଂ ସତୀଙ୍କ ଶବ ଧରି ଇତସ୍ତତଃ ବୁଲିବାକୁ ଆରମ୍ଭ କରିଦେଲେ। ଏହା ଦେଖି ବାସୁଦେବ ସୁଦର୍ଶନ ଚକ୍ର ପେଶି ସତୀଙ୍କ ଶରୀରକୁ ଛେଦିଦେଲେ। ଏହିପରି ଏହା ୫୧ଟି ଖଣ୍ଡ ଓ ୨୬ ଉପଖଣ୍ଡ ହୋଇ ବିଭିନ୍ନ ସ୍ଥାନରେ ପଡ଼ିଲା। ଏହି ସ୍ଥାନଗୁଡିକ କ୍ରମଶଃ ପାଲଟିଗଲେ ଶକ୍ତିପୀଠ। ବିଶ୍ୱାସ କରାଯାଏ ଯେ ମା'ଙ୍କର ମସ୍ତକ ପଡ଼ିଥିଲା ପାକିସ୍ତାନର ବେଲୁଚିସ୍ଥାନରେ ଥିବା ହିଙ୍ଗୁଳା ବା ହିଙ୍ଗଲାଜ୍‌ରେ। ଏଠାରେ ମା' ହିଙ୍ଗୁଳା ରୂପେ ପୂଜା ପାଆନ୍ତି। ଏହା ହିଁ ପ୍ରଥମ ଶକ୍ତିପୀଠ। ତାଙ୍କର ଦକ୍ଷିଣ ପାଦର ଚାରି ଆଙ୍ଗୁଳି କଲିକତାର କାଳିଘାଟରେ ପଡ଼ିଥିଲା। ଯେଉଁଠି ସେ କାଳୀ ରୂପେ ପୂଜା ପାଆନ୍ତି। କଣ୍ଠ ପଡ଼ିଥିଲା ଅମରକଣ୍ଟକରେ; ଯୋନି ପଡ଼ିଥିଲା ଆସାମର କାମାକ୍ଷାରେ ଏବଂ କିଛି ଚର୍ମାଂଶ ପଡ଼ିଥିଲା କଟକରେ।

ପ୍ରଥମ ଶକ୍ତିପୀଠ ପାକିସ୍ତାନର ବେଲୁଚିସ୍ଥାନରେ ଅବସ୍ଥିତ। ଏହା ହିଙ୍ଗୁଳା ମନ୍ଦିର ରୂପେ ଖ୍ୟାତ। ଏହା ମକ୍ରାନ୍ ବା ମରକାନ୍ ପର୍ବତ ଉପରେ ଅବସ୍ଥିତ। ଏଠାରୁ ଲକ୍ଷ ଲକ୍ଷ ହିନ୍ଦୁ ଓ ମୁସଲ୍‌ମାନ ଭକ୍ତମାନେ ଆସନ୍ତି। ସେ ଉଭୟ ଧର୍ମର ଦେବୀ। ପାହାଡ଼ ଉପରେ ଏକ ଲମ୍ବା ପର୍ବତ ଗୁମ୍ଫାରେ ଦେବୀ ଅବସ୍ଥାନ କରନ୍ତି। ଏକମୁହାଁ ରାସ୍ତା, ନଇଁ ନଇଁ ଯିବାକୁ ହୁଏ। ଦେବୀ ସିନ୍ଦୁରରେ ନାଲି ପାଟବସ୍ତ୍ରଯୁକ୍ତ ଏବଂ ରକ୍ତବର୍ଣ୍ଣ ଅର୍ଥାତ୍ ହେଙ୍ଗୁବର୍ଣ୍ଣା। ଏଣୁ ହିଙ୍ଗୁଳା ଏଠାରେ ଶକ୍ତି ହିଙ୍ଗୁଳା ଏବଂ ଭୈରବ ହେଉଛନ୍ତି ଭୀମଲୋଚନ। ପାକିସ୍ତାନରେ ହିଙ୍ଗୁଳା ଦେବୀଙ୍କୁ 'ନାନୀ' ଏବଂ ଏ ତୀର୍ଥସ୍ଥାନକୁ 'ନାନୀକି ହଜ୍' ବୋଲି କୁହାଯାଏ। ଏଠାର ତୀର୍ଥଯାତ୍ରାକୁ 'ହଜ୍' କୁହାଯାଏ। ଏଠାକାର ପୁରୋହିତଙ୍କୁ 'ଛଡ଼ିଦାର' କୁହନ୍ତି। ଏଠି ଦେବୀଙ୍କୁ ଲାଲକପଡ଼ା, ଅଗରବତୀ, ଅତର ଓ ଶିରିଣି ସମର୍ପଣ କରାଯାଏ। ଏ ମନ୍ଦିର ପ୍ରତି ହିନ୍ଦୁ ଓ ମୁସଲମାନମାନେ ସମାନ ଗୁରୁତ୍ୱ ଦିଅନ୍ତି ଏବଂ ରକ୍ଷଣାବେକ୍ଷଣ ପାଇଁ ଉଭୟ ସରକାରୀ ଓ ବେସରକାରୀ ସଂସ୍ଥାମାନେ ତତ୍ପର ଥାଆନ୍ତି। ଏଥିପାଇଁ ହିନ୍ଦୁ ମାନସିକତା ଉପରେ କୌଣସି ପ୍ରତିକୂଳ ଚାପ ପକାଯାଏନି।

କରାଚିରୁ ଏହି ମନ୍ଦିରର ଦୂରତ୍ୱ ୧୬୦ ମାଇଲ୍। କ୍ୱେଟା ଯାଏଁ ରାଜପଥ, ତେଣିକି ସଂକୀର୍ଣ୍ଣ ଓ ଦୁର୍ଗମ। ତଥାପି ଭକ୍ତଙ୍କ ଭିଡ଼।

ଏ ଯାଗାକୁ ନେଇ ଏକ କାହାଣୀ ଅଛି । ତ୍ରେତୟାଯୁଗରେ 'ଦିଚାତାର' ନାମରେ ଜଣେ ସୂର୍ଯ୍ୟବଂଶୀ ରାଜା ଥିଲେ । ତାଙ୍କର ପଡ଼ୋଶୀ ରାଜ୍ୟ ଥିଲା ଚୀନ୍। ରାଜାଙ୍କର ଦୁଇପୁତ୍ର ଥିଲେ- ହିଙ୍ଗୋଳ ଓ ସୁନ୍ଦର। ଏହି ସମୟରେ ଚୀନ୍‌ରେ ଜଣେ ଚନ୍ଦ୍ରବଂଶୀ ରାଜା ଥିଲେ। ସେମାନେ ଥିଲେ ଶିବଭକ୍ତ। ରାଜକୁମାର ସୁନ୍ଦର ଚୀନ୍‌କୁ ଆକ୍ରମଣ କରି ହତ୍ୟା ଓ ଲୁଣ୍ଠନ କଲେ। ଏଥିରେ ଉତ୍ତ୍ୟକ୍ତ ଏବଂ ଅସନ୍ତୁଷ୍ଟ ପ୍ରଜାମାନେ ଶିବଙ୍କୁ ଗୁହାରି କଲେ ଏବଂ ଶିବ ଗଣେଶଙ୍କୁ ପଠାଇ ସୁନ୍ଦରଙ୍କୁ ହତ୍ୟା କଲେ। ଏଥିରୁ ହିଙ୍ଗୋଳ କ୍ରୋଧାନ୍ୱିତ ହୋଇ ତପସ୍ୟା କଲେ ଏବଂ ତପସ୍ୟାରେ ବର ପାଇଲେ ଯେ ତାଙ୍କର ଯେଉଁଠି ମୃତ୍ୟୁ ହେବ, ସେଠି ସୂର୍ଯ୍ୟକିରଣ ପଡୁନଥିବ। ପରେ ସେ ଯୁଦ୍ଧ କରି ବହୁ ରାଜ୍ୟ ଜୟ କରି ଘୋର ପାପ ବି କଲେ। ଦେବୀ ତାଙ୍କୁ ତ୍ରିଶୂଳ ସାହାଯ୍ୟରେ ସୂର୍ଯ୍ୟ କିରଣ ପଡୁନଥିବା ତାଙ୍କ ଗୁମ୍ଫା ଭିତରେ ହତ୍ୟା କଲେ। ଅଥଚ ହିଙ୍ଗୋଳର ଅନୁରୋଧ କ୍ରମେ ସେ ସ୍ଥାନଟିର ନାମ ରଖିଥିଲେ- ହିଙ୍ଗଳ । ଏହି ହିଙ୍ଗଳ ହିଁ ଶକ୍ତିରେ ହିଙ୍ଗଲାଜ୍ ତୀର୍ଥ।

ଓଡ଼ିଶାରେ ୫୧ଟି ଶକ୍ତିପୀଠ ମଧ୍ୟରୁ ଅନୁଗୋଳ ଜିଲ୍ଲାର ଗୋପାଳ ପ୍ରସାଦ ଗ୍ରାମରେ ଏବଂ ଯାଜପୁର ଜିଲ୍ଲାର 'ଶଙ୍ଖଚିଲ୍ଲା' ଗ୍ରାମରେ ମା' ହିଙ୍ଗୁଳାଙ୍କ ମନ୍ଦିର ଅଛି। ଏହି ଦୁଇ ସ୍ଥାନରେ ମା' ଅଗ୍ନିରୂପା। ତାଳଚେରର ହିଙ୍ଗୁଳା ଦେବୀଙ୍କ ସହ ଜଗନ୍ନାଥ ମନ୍ଦିରରେ ମହାପ୍ରସାଦ ରନ୍ଧନର ସଂପର୍କ ଅଛି। ଏଇଠୁ ମା' ଅଗ୍ନିରୂପା ଶ୍ରୀମନ୍ଦିର ଯିବା ପରେ ପ୍ରଥମ ଅଗ୍ନି ସଂଯୋଗରେ ପ୍ରଥମ ମହାପ୍ରସାଦ ପ୍ରସ୍ତୁତ ହୋଇଥିଲା।



ଶୁଣାଯାଏ ଶଙ୍ଖଚିଲ୍ଲାରେ ମା'ଙ୍କର ଆବିର୍ଭାବ କାହାଣୀ ପଛରେ ଏକ ରହସ୍ୟମୟ କିମ୍ବଦନ୍ତୀ ଅଛି। ଏଠି କୁଆଡ଼େ ଦିବା ଅଗ୍ନିରେ ବାରମ୍ବାର ନିଆଁ ଲାଗିଲା। ଲୋକେ ଅତିଷ୍ଠ ହୋଇପଡ଼ିଲେ। ଶେଷରେ ମା' ସ୍ୱପ୍ନାଦେଶ ଦେଲେ ଯେ ତାଙ୍କର ପୂଜା ହେଉ। ତାହା ହିଁ ହେଲା। ସେ ପ୍ରଥମେ ଏକ ବରଗଛରେ ଅବସ୍ଥାନ କଲେ। ପରେ ଗ୍ରାମବାସୀମାନେ ତାଙ୍କ ପାଇଁ ଏକ ମନ୍ଦିର କଲେ। ଏଠି ମଧ୍ୟ ପାଖରେ ଭୈରବୀ ପୂଜା ପାଆନ୍ତି। ଭୈରବୀ ଯେଉଁଠି ଭୈରବ ସେଇଠି।

ଖାଲି ଓଡ଼ିଶା କି ଭାରତ ମଧ୍ୟ ନୁହେଁ, ମା' ମହାକାଳୀ ଆଦ୍ୟାଶକ୍ତି ହିଙ୍ଗୁଳା ପୃଥିବୀର ଅନ୍ୟ ଦେଶରେ ମଧ୍ୟ ପୂଜା ପାଆନ୍ତି। ସେମାନେ ଦଶମହାବିଦ୍ୟା ମଧ୍ୟରୁ ଜଣେ ଅଥବା ଅଷ୍ଟଚଣ୍ଡୀମାନଙ୍କ ମଧ୍ୟରୁ ଜଣେ ହିସାବରେ ପୂଜା ପାଆନ୍ତି। ଅଷ୍ଟଚଣ୍ଡୀ- ଉଗ୍ରଚଣ୍ଡୀ, ଭଦ୍ରକାଳୀ, ଉମା, ଉଗ୍ରତାରା, ଧୂମାବତୀ, କାଳୀ, ଶିବହସ୍ତ୍ରୀ ବା ଚଣ୍ଡିକା ଆକାରରେ ପୂଜା ପାଆନ୍ତି।

ଚୈତ୍ର ମଙ୍ଗଳବାରରେ ସେ ମଙ୍ଗଳାଙ୍କ ପୂଜାର ନବମ ଦିନ ଶିତୁଳା ବା ଶୀତଳା ଯାତ୍ରା ପାଳନ ହୁଏ। ଏହି ଦିନରେ ଏକ ଚାନ୍ଦୁଆ ଲାଗିହୁଏ। ତଳେ ନିଆଁ। କିନ୍ତୁ ଏ ନିଆଁ ଚାନ୍ଦୁଆକୁ ସ୍ପର୍ଶ କରେ ନାହିଁ। ଯଦି କରେ ତେବେ କୌଣସି କୋଣ ଏହାର ପୋଡ଼ିଯାଏ। ତେବେ ବିଶ୍ୱାସ କରାଯାଏ ସେ ବର୍ଷ ସେ ଦିଗରେ ଭଲ ଫସଲ ହୁଏ।

**ହିଙ୍ଗୁଳାଙ୍କୁ ନେଇ ଯାତ୍ରା**-ଏହାକୁ ହିଙ୍ଗୁଳା ଯାତ୍ରା ବା ପାଟଣା ଯାତ୍ରା କୁହାଯାଏ। ଏହା ମହାବିଷୁବ ସଂକ୍ରାନ୍ତି ସହ ଜଡ଼ିତ। ବିଶ୍ୱାସ ପାପୀମାନଙ୍କୁ ବିନାଶ, ପାଇଁ ମା' ହିଙ୍ଗୁଳା ଏ ପୃଥିବୀକୁ ଅଗ୍ନିରୂପା ଏବଂ ଅଗ୍ନିସମ୍ଭୁତା ଅବତୀର୍ଣ୍ଣ ହୋଇଥାନ୍ତି। ହିଙ୍ଗୁଳାଙ୍କୁ ନେଇ ପ୍ରତି ଘରେ ହିଙ୍ଗୁଳା ପଣାର ପ୍ରଚଳନ ଅଛି। ହିଙ୍ଗୁଳାଙ୍କୁ ନେଇ ଦଣ୍ଡଯାତ୍ରା। ଏ ଭକ୍ତମାନେ ହିଁ ପାଟୁଆ। ଦିନସାରା ଏମାନେ ଗାଁ ଗାଁ ବୁଲି ସାରି ନଦୀ ବା ପୋଖରୀରେ ଗାଧୁଆ ସାରନ୍ତି। ରାତିକୁ ଦଣ୍ଡନାଚ। ସେମିତିରେ ଠାକୁରାଣୀଙ୍କ ଉପରେ ବିଶ୍ୱାସ ରଖି ବାଦ୍ୟଧ୍ୱନି ମଧ୍ୟରେ ନିଆଁରେ ଓ କଣ୍ଟାରେ ଚାଲନ୍ତି ଅଥବା ଖଣ୍ଡାଧାରରେ ଛିଡ଼ା ହୁଅନ୍ତି। ସେମାନଙ୍କ କାର୍ଯ୍ୟାନୁସାରେ ବିଭିନ୍ନ ପାଟୁଆରେ ବିଭକ୍ତ ହୋଇଥାନ୍ତି। ଯଥା-ନିଆଁ ପାଟୁଆ, କଣ୍ଟା ପାଟୁଆ ବା ଖଣ୍ଡା ପାଟୁଆ କୁହାଯାଏ। ଏ ପ୍ରକାର ପର୍ବ ମୟୂରଭଞ୍ଜ ଓ କେନ୍ଦୁଝରରେ ଉଡ଼ା ପରବ ଆକାରରେ ପାଳନ କରାଯାଏ। ଏହିଦିନ ବନ୍ଧୁନୟୁକ୍ତ ପକ୍ଷୀମାନଙ୍କୁ ସେମାନେ ମୁକ୍ତ କରିଥାନ୍ତି । ଅର୍ଥାତ ପକ୍ଷୀମାନଙ୍କୁ ଉଡ଼ାଇଥାନ୍ତି।

ହିନ୍ଦୁଳା ଅଗ୍ନିରୂପା ବା ଅରୂପା। ଏଣୁ ଯଥାର୍ଥରେ ରାଧାନାଥ ମହାଯାତ୍ରାରେ କହିଛନ୍ତି-



ପରି ପୂଜା ପାଆନ୍ତି। ତେବେ ଚୈତ୍ରମାସ ଶୁକ୍ଳପକ୍ଷ ଚତୁର୍ଦ୍ଦଶୀରେ ମା'ଙ୍କର ଶାରଦୀୟ ପୂଜା ଅନୁଷ୍ଠିତ ହୋଇଥାଏ। ମା' ହିଙ୍ଗୁଳା ସେଦିନ ଜାତି, ଧର୍ମ, ବର୍ଣ୍ଣ, ନିର୍ବିଶେଷରେ ସମସ୍ତଙ୍କୁ ଦର୍ଶନ ଦିଅନ୍ତି। ତାଙ୍କ ପାଇଁ ସମସ୍ତେ ସମାନ। ସେ ଅଗ୍ନିରୂପରେ ସମସ୍ତଙ୍କୁ ଦର୍ଶନ ଦିଅନ୍ତି ଏବଂ ଏ ଦର୍ଶନ ଓ ପୂଜା ୨୧ ଦିନ ଧରି ଚାଲେ। ପୂର୍ବେ ଦେବୀଙ୍କ ପାଖେ ବଳିପ୍ରଥା ଥିଲା। ଏବେ ତାହା ଲୋପ ପାଇଛି। ବଳି ପରିବର୍ତ୍ତେ ଦେବୀଙ୍କୁ ବିଭିନ୍ନ ପତ୍ର, ଫୁଲ, ଫଳ, ଦୁଧ, ମହୁ, ଉଖୁଡ଼ା ଇତ୍ୟାଦି ଭୋଗ କରାଯାଏ।

*'ଚିତ୍ରାପିତ ପ୍ରତିମା ଯେସନେ*
*ସିଙ୍ଗଡ଼ ତଟନୀ ଧୌତ ଅଙ୍ଗାର ପ୍ରାନ୍ତରେ*
*ପବିତ୍ର ହିଙ୍ଗୁଳା ପୀଠେ ଜଳିଉଠେ*
*ଆଚମ୍ବିତ ବିଶ୍ୱଶିଖା ନିଦାଘ ନିଶୀଥେ ।'*

ଆସନ୍ତୁ ସେ ହିଙ୍ଗୁଳାଙ୍କର ଶରଣ ପଶିବା।

**ବିପିନବିହାରୀ ମହାନ୍ତି,**
**ଅଧ୍ୟକ୍ଷ, ଓଡ଼ିଶା ଭାଷା ସଂରକ୍ଷଣ ଏବଂ ଗବେଷଣା ପ୍ରତିଷ୍ଠାନ, ବିକାଶନଗର, ଜଟଣୀ, ଖୋର୍ଦ୍ଧା, ଫୋନ୍-୯୯୩୮୩୪୧୩୮**

# ଲୁଥେରାନ ଶିଶୁ ଯତ୍ନ ଅନୁଷ୍ଠାନର କର୍ମଚାରୀଙ୍କୁ ଦୁଷ୍କର୍ମ ପରେ ଶିଶୁପୁତ୍ର ଜନ୍ମ ଅଭିଯୋଗର ତଦନ୍ତ ପାଇଁ ସ୍ୱତନ୍ତ୍ର ତଦନ୍ତ ଟିମ ଗଠନ କଲେ ଏସପି

କେନ୍ଦ୍ରାପଡା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାର ମାର୍ଶାଘାଇ ଥାନା ଅନ୍ତର୍ଗତ ପାଟଳିପଙ୍କସ୍ଥିତ ଲୁଥେରାନ ମହିଳା ସମିତି ଶିଶୁ ଯତ୍ନ ଅନୁଷ୍ଠାନର ମହିଳା କର୍ମଚାରୀଙ୍କୁ ଦୁଷ୍କର୍ମରୁ ଶିଶୁପୁତ୍ର ଜନ୍ମ ଅଭିଯୋଗର ତଦନ୍ତ କରିବା ପାଇଁ କେନ୍ଦ୍ରାପଡା ଆରକ୍ଷୀ ଅଧିକ୍ଷକ ସମ୍ବିତ ସମ୍ପଦ ମଡକର ଏକ ସ୍ୱତନ୍ତ୍ର ତଦନ୍ତ ଟିମ ଗଠନ କରିଛନ୍ତି । ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ବ୍ରହ୍ମନାନ୍ଦ ଗାଗାରିନ ମହାନ୍ତିଙ୍କ ନେତୃତ୍ୱରେ ଗଠିତ ଏହି ସ୍ୱତନ୍ତ୍ର ତଦନ୍ତ ଟିମରେ ଟାଉନ ଥାନାର ଭାରପ୍ରାପ୍ତ ଇନିସପେକ୍ଟର ଜ୍ୟୋତିରଞ୍ଜନ ସାମନ୍ତରାୟ, ଆଇ.ୟୁ.ସି.ଏ.ଡବ୍ଲୁ.ର ଇନିସପେକ୍ଟର ସସ୍ମିତା ବେହେରା, ଟାଉନ ଥାନାର ମହିଳା ସବଇନିସପେକ୍ଟର କାଦମ୍ବିନି ପରିଡା ଓ ମାର୍ଶାଘାଇ ଥାନାର ସବଇନିସପେକ୍ଟର ଦେବାଶିଷ ପଣ୍ଡା ରହିଛନ୍ତି । ନବ ଗଠିତ ପୋଲିସ ଟିମଟି ମାର୍ଶାଘାଇ ଥାନା କେଶ ନମ୍ବର ୧୮୩/୨୦୨୧(ତା୬.୦୪.୨୦୨୧)ର ଆଇପିସିର ଧାରା ୩୭୬(୨)(୧),୨୯୪, ୫୦୬, ୩୪,୧୦୯ ଏବଂ ମାର୍ଶାଘାଇ ଥାନା କେଶ ନମ୍ବର ୧୮୭/୨୦୨୧(ତା ୮.୦୪.୨୦୨୧)ର ଆଇ.ପି.ସିର ଦଫା ୩୭୬(୨)(ଘ)(୧),୩୭୦, ୪୦୩, ୪୦୬ ଓ ୩୪ ଘଟଣା ସମ୍ପର୍କରେ ପେଷାଦାର ମନୋଭାବ ସହ ସଠିକ ଢଙ୍ଗରେ ତଦନ୍ତକୁ ତ୍ୱରାନ୍ୱିତ କରବା ପାଇଁ ଗଠନ କରାଯାଇଛି । ଏହି ତଦନ୍ତକାରୀ ଟିମ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ମହାନ୍ତିଙ୍କ ପରାମର୍ଶ ଓ ନିର୍ଦ୍ଦେଶ କ୍ରମେ କାର୍ଯ୍ୟ କରିବ ବୋଲି ନିର୍ଦ୍ଦେଶରେ ଉଲ୍ଲେଖ ରହିଛି ।

# ଲୁଥେରାନ ମହିଳା ସମିତି ବିରୋଧରେ ହୋଇଥିବା ଅଭିଯୋଗଗୁଡିକର ତଦନ୍ତ କରିବେ ତିନିଜଣିଆ ଟିମ

କେନ୍ଦ୍ରାପଡା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାର ମହାକାଳପଡା ବ୍ଲକ ଅନ୍ତର୍ଗତ ପାଟଳିପଙ୍କସ୍ଥିତ ଲୁଥେରାନ ମହିଳା ସମିତି ବିରୋଧରେ ହୋଇଥିବା ଅଭିଯୋଗ ଗୁଡିକର ତଦନ୍ତ କରି ଆସନ୍ତା ୧୫ତାରିଖ ମଧ୍ୟରେ ରିପୋର୍ଟ ପ୍ରଦାନ କରିବାକୁ କେନ୍ଦ୍ରାପଡା ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ଉପଜିଲ୍ଲାପାଳ ନିରଞ୍ଜନ ବେହେରା ଏକ ନିର୍ଦ୍ଦେଶନାମା ଜାରି କରିଛନ୍ତି । ଜିଲ୍ଲା ମଙ୍ଗଳ ଅଧିକାରିଣୀ ମମତାରାଣୀ ପରିଡାଙ୍କ ନେତୃତ୍ୱରେ ଗଠିତ ତଦନ୍ତ ଟିମରେ ଜିଲ୍ଲା ସମାଜ କଲ୍ୟାଣ ଅଧିକାରିଣୀ ଚିନ୍ମୟୀ ରଥ ଓ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ତଥା ଭାରପ୍ରାପ୍ତ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ପ୍ରଭାସ ଚନ୍ଦ୍ର ଦାସଙ୍କୁ ନିଆଯାଇଛି । ଏହି ଟିମ ଲୁଥେରାନ ମହିଳା ସମିତିର ଶିଶୁ ଯତ୍ନ ଅନୁଷ୍ଠାନର ପରିଚାଳନା ସମ୍ପର୍କରେ ସବୁ ଦିଗରୁ ତଦନ୍ତ କରିବା ସହ, ନିଯୁକ୍ତି ପ୍ରକ୍ରୀୟା ସମ୍ପର୍କିତ ସମସ୍ତ ରେକର୍ଡ, ବର୍ତ୍ତମାନର ପରିଚାଳନା ପରିଷଦ, ବର୍ତ୍ତମାନର ଶିଶୁ ଯତ୍ନ ଅନୁଷ୍ଠାନରେ କାମ କରୁଥିବା ସମସ୍ତ କର୍ମଚାରୀଙ୍କ ସମ୍ପର୍କରେ, ପରିଚାଳନାଗତ ତୃଟି ଓ ଆବଶ୍ୟକତା ଅନୁଯାଇ କର୍ମଚାରୀ ଅଛନ୍ତି କି ନାହିଁ ସେ ସମ୍ପର୍କରେ ତଦନ୍ତ କରି ରିପୋର୍ଟ ପ୍ରଦାନ କରିବେ । ଏଥିସହିତ ସେହି ଟିମ ଶିଶୁ ଯତ୍ନ ଅନୁଷ୍ଠାନର ବିଭିନ୍ନ ତୃଟି ଓ ଦାୟୀତ୍ୱ ଖିଲାପ କରିଥିବା କର୍ମଚାରୀଙ୍କ ବିରୋଧରେ ଆବଶ୍ୟକ ମତାମତ ସହ ପରାମର୍ଶ ମଧ୍ୟ ରିପୋର୍ଟରେ ଦେଇପାରିବେ ବୋଲି ନିର୍ଦ୍ଦେଶରେ କୁହାଯାଇଛି । ଜିଲ୍ଲା ଶିଶୁ ସୁରକ୍ଷା କାର୍ଯ୍ୟାଳୟର ପିଓ ଆଇ.ସି. ବାଦଲ ଦାଶଙ୍କ ଠାରୁ ସମସ୍ତ ଦାୟୀତ୍ୱ ପ୍ରତ୍ୟାହାର କରିନିଆଯାଇଥିବା ବେଳେ ମହାକାଳପଡା ବ୍ଲକର ସିଡିପିଓ ମନୋରମା ସ୍ୱାଇଁଙ୍କୁ ଅନ୍ୟାଦେଶ ପର୍ଯ୍ୟନ୍ତ ଜିଲ୍ଲା ଶିଶୁ ସୁରକ୍ଷା କାର୍ଯ୍ୟାଳୟର ପି.ଓ. ଆଇ.ସି.ଦାୟୀତ୍ୱରେ ରହିବାକୁ ନିର୍ଦ୍ଦେଶ ପ୍ରଦାନ କରାଯାଇଛି । ଏଠାରେ ସୂଚନା ଯୋଗ୍ୟ ଯେ ପୂର୍ବରୁ ପ୍ରାକ୍ତନ ଜିଲ୍ଲାପାଳ ସମର୍ଥ ବର୍ମା ଲୁଥେରାନ ମହିଳା ସମିତିର ଶିଶୁ ଯତ୍ନ ଅନୁଷ୍ଠାନରେ ହୋଇଥିବା ଏକ ସଂଗୀନ ଘଟଣା ସମ୍ପର୍କରେ ପୂର୍ବତନ ଭାରପ୍ରାପ୍ତ ଶିଶୁ ମଙ୍ଗଳ ସମିତିର ଅଧ୍ୟକ୍ଷା ସ୍ମିତାଞ୍ଜଳି ମହାପାତ୍ରଙ୍କ ରିପୋର୍ଟ ଉପରେ ତଦନ୍ତ କରିବାକୁ ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ନିର୍ଦ୍ଦେଶ ଦେଇଥିଲେ । ସେହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ରାଉତ ଜିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ଶ୍ରୀମତୀ ରଥଙ୍କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଥିବା ବେଳେ ସେହି ଘଟଣାର ତଦନ୍ତ ଆଜିବି ରହସ୍ୟାବୃତ ହୋଇରହିଛି । ଅନ୍ୟପକ୍ଷରେ ଭାରପ୍ରାପ୍ତ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ଦାସ ଲୁଥେରାନରେ ଘଟୁଥିବା ସମସ୍ତ ଘଟଣା ସମ୍ପର୍କରେ କିଭଳି କିଛି ଜାଣିପାରିଲେ ନାହିଁ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି । ଏଭଳି ସରକାରୀ ଅଧିକାରୀଙ୍କୁ ନେଇ ଗଠିତ ତଦନ୍ତ ଟିମ ଯେ ନିରପେକ୍ଷ ରିପୋର୍ଟ ପ୍ରଦାନ କରିବା ସମ୍ଭବ ନୁହେଁ ତାହା ସାଧାରଣରେ ଆଲୋଚନା ହେଉଥିବା ଶୁଣିବାକୁ ମିଳିଛି ।




# ରାଇସରପୁର ଅନୁସୂଚିତ ଜାତି ସମ୍ପ୍ରଦାୟର ଘର ଭଙ୍ଗାଯିବା ଘଟଣାରେ ରାଜସ୍ୱ ଆୟୁକ୍ତଙ୍କ ନିକଟରେ ଅଭିଯୋଗପତ୍ର ଦାଖଲ

କେନ୍ଦ୍ରାପଡ଼ା: କେନ୍ଦ୍ରାପଡା ଜିଲ୍ଲାର ଆଳି ଥାନା ଅନ୍ତର୍ଗତ ରାଇସରପୁର ଗ୍ରାମର ଅନୁସୂଚିତ ଜାତି ସମ୍ପ୍ରଦାୟର ଏକ ଭୂମିହୀନ ପରିବାର ଭରତ ମଳିକଙ୍କ ବାସଗୃହକୁ ଆଳି ତହସିଲଦାର ସଂପୂର୍ଣ୍ଣ ଭାଙ୍ଗି ଦେଇଥିବା ସମ୍ପର୍କରେ ଅଖିଳ ଭାରତ କଂଗ୍ରେସ କମିଟି ସଭ୍ୟ, ଅନୁସୂଚିତ ଜାତି ଜନଜାତି ଯୁବ ପରିଷଦର ରାଜ୍ୟ ସଭାପତି ତଥା ଆଇନଜୀବୀ ହଳଧର ସେଠୀଙ୍କ ନେତୃତ୍ୱରେ ପିଡିତ ଭରତ ମଳିକ ଓ ତାଙ୍କ ପତ୍ନୀ ରୀତା ମଳିକଙ୍କ ସହିତ ଯାଇ କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତଙ୍କୁ ଭେଟି ଅଭିଯୋଗ କରିଛନ୍ତି । ଅଭିଯୋଗପତ୍ରରେ ଦର୍ଶାଯାଇଛି ଯେ ଗତ ଅପ୍ରେଲମାସ ୨୩ତାରିଖରେ ଆଳି ତହସିଲଦାର ଏବଂ ବାଟିପଡା ସର୍କଲର ରାଜସ୍ୱ ନିରୀକ୍ଷକ ଅତ୍ୟନ୍ତ ବେଆଇନ ଭାବରେ ଭୂମିହୀନ ତଥା ଅନୁସୂଚିତ ଜାତି ବର୍ଗର ଭରତ ମଳିକଙ୍କ ଏକମାତ୍ର ବାସଗୃହଟିକୁ ସଂପୂର୍ଣ୍ଣ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି । ଆଳି ତହସିଲର ପାତ୍ରପୁର ପଞ୍ଚାୟତର ସରପଞ୍ଚ, ତହସିଲଦାର, ବିଡିଓ ଏବଂ ରାଜସ୍ୱ ନିରୀକ୍ଷକ ପ୍ରମୁଖ ଶ୍ରୀ ମଳିକଙ୍କ ବାସଗୃହଟିକୁ ଭାଙ୍ଗିବା ପୂର୍ବରୁ ତାଙ୍କର ଆବଶ୍ୟକ ଥଇଥାନ ବ୍ୟବସ୍ଥା ମଧ୍ୟ କରିନଥିଲେ । ଦୀର୍ଘ ୪୦ବର୍ଷରୁ ଉର୍ଦ୍ଧ୍ୱ ବର୍ଷ ଧରି ସେହି ଗୋଚର ଜମିରେ ପକ୍କାଘର କରି ରହି ଆସୁଥିବା ଭରତଙ୍କ ନାମରେଏକ ଅବରୋଧ ମାମଲା ରୁଜୁ କରାଯାଇ ତାଙ୍କ ଠାରୁ ରାଜସ୍ୱ ନିରୀକ୍ଷକ ଜୋରିମାନା ଆଦାୟ କରିଥିବାର ରସିଦ ରହିଛି । କିନ୍ତୁ ଗତ ୨୦୧୯ ମସିହାରେ ସେହି ଗୋଚର ଜମିର ବାକିଅଂଶରେ ସେହି ଗ୍ରାମର ଅନ୍ୟ ସଂପ୍ରଦାୟର ଲୋକମାନେ ଏକ ହନୁମାନ ମନ୍ଦିର, ଏକ ଯଜ୍ଞଘର ଓ ଅନ୍ୟ ଏକ ଗୋଷ୍ଠିକେନ୍ଦ୍ର ଘର ନିର୍ମାଣ ଆରମ୍ଭ କରିଥିଲେ । ସେହି ହନୁମାନ ମନ୍ଦିର, ଯଜ୍ଞଘର ଓ ଗୋଷ୍ଠିକେନ୍ଦ୍ର ନିକଟରେ ଅନୁସୂଚିତ ଜାତି ବର୍ଗର ପରିବାର ରହିପାରିବ ନାହିଁ ବୋଲି ଅନ୍ୟ ସଂପ୍ରଦାୟର ଲୋକମାନେ ବିରୋଧ କରି ସେଠାରୁ ଏହି ଦଳିତ ପରିବାରକୁ ହଟାଇ ଦେବାକୁ ଉଦ୍ୟମ ଆରମ୍ଭ କରିଥିବା ଅଭିଯୋଗ ହୋଇଛି । ସେହି ଗ୍ରାମର ଅନ୍ୟ ଗ୍ରାମବାସୀଙ୍କ ସହିତ ସରପଞ୍ଚ ଏକର ଏକର ସରକାରୀ ଜମି ମାଡିବସିଥିବା ବେଳେ ଗୋଟିଏ ଦଳିତ ପରିବାରକୁ ଏଭଳି ଭାବେ ବାସଶୂନ୍ୟ କରିଦେବା କେଉଁ ପ୍ରକାର ନ୍ୟାୟ ବୋଲି ଅଭିଯୋଗ କରାଯାଇଛି । କରୋନା ମହାମାରୀ ସମୟରେ ଜଣେ ୭୩ବର୍ଷର ବିଧବା ବୃଦ୍ଧାଙ୍କ ସମେତ ୫ଜଣ ପରିବାର ବିଶିଷ୍ଟ ଏକ ଦଳିତ ପରିବାରକୁ ବେଘର କରିଦେବା ଓ ସେହି ପରିବାର ଏବେ ଗୋଟିଏ ପଲିଥିନ ତଳେ ଅତ୍ୟନ୍ତ ଦୁସ୍ଥିତି ମଧ୍ୟରେ ଜୀବନ ବିତାଉଥିବା ଅତ୍ୟନ୍ତ ହୃଦୟ ବିଦାରକ ବୋଲି ଶ୍ରୀ ସେଠୀ ଅଭିଯୋଗ କରିଛନ୍ତି । ଏହି ବାସହୀନ ଦଳିତ ପରିବାରକୁ କରୋନା ଲକଡାଉନ ଓ ସଟଡାଉନ ସମୟରେ ଅନ୍ତତ ପକ୍ଷେ ଏକ ଅସ୍ଥାୟୀ ଆଶ୍ରୟସ୍ଥଳି ଯୋଗାଇଦେବାକୁ କୌଣସି ସରକାରୀ ଅଧିକାରୀ ଉଚିତ ମଣିନଥିବା ଅଭିଯୋଗ କରିଛନ୍ତି ଆଇନଜୀବୀ ଶ୍ରୀ ସେଠୀ । ତେଣୁ କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଏହି ବାସହୀନ ତଥା ଭୂମିହୀନ ଦଳିତ ପରିବାରର ମୂଲ୍ୟବାନ ଜୀବନର ସୁରକ୍ଷା ନିମନ୍ତେ ତାଙ୍କୁ ଏକ ଜମି ଯୋଗାଇ ଦେବାକୁ ଜିଲ୍ଲା ପ୍ରଶାସନକୁ ନିର୍ଦ୍ଦେଶ ପ୍ରଦାନ ପାଇଁ ଅନୁସୂଚିତ ଜାତି ଜନଜାତି ଯୁବ ପରିଷଦର ରାଜ୍ୟ ସଭାପତି ଶ୍ରୀ ସେଠୀ ନିବେଦନ କରିଛନ୍ତି ।

# ଭୁବନେଶ୍ୱରରେ ଶ୍ରଦ୍ଧା ଫାଉଣ୍ଡେସନର କ୍ୟାନସର ସେବାଶ୍ରୟ ଉଦ୍‌ଘାଟିତ



ଭୁବନେଶ୍ୱର :ବିଗତ ଦୁଇ ଦଶନ୍ଧି ଧରି ବମ୍ବେରେ କର୍କଟ ରୋଗୀମାନଙ୍କୁ ସେବା ଓ ସହାୟତା ପ୍ରଦାନ କରି ଆସୁଥିବା ଶ୍ରଦ୍ଧା ଫାଉଣ୍ଡେସନ ନୂଆକରି ଭୁବନେଶ୍ୱରରେ ଏକ ସେବା ଆଶ୍ରମ ପ୍ରତିଷ୍ଠା କରିଛନ୍ତି । ଆଜି ପାତ୍ରପଡ଼ା ସ୍ଥିତ ଏମ୍ବନଗରର ଏହା ଉଦ୍‌ଘାଟିତ ହୋଇଯାଇଛି । ମୁଖ୍ୟ ଅତିଥି ଭାବେ ବ୍ୟାଙ୍କ ଅଫ ଇଣ୍ଡିଆର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ବିମଳ ପ୍ରସାଦ ଶର୍ମା ଯୋଗଦେଇ କହିଥିଲେ ଶ୍ରଦ୍ଧାଫାଉଣ୍ଡେସନର ଉତରୋତର କାମନା କରିବା ସହ କର୍କଟ ରୋଗୀଙ୍କ ପାଇଁ ସେବାଶ୍ରୟଟିଏ ହୋଇଥିବାରୁ ଫାଉଣ୍ଡେସର କର୍ମକର୍ତାଙ୍କ ଭୂୟସୀ ପ୍ରଶଂସା କରିଥିଲେ । ଫାଉଣ୍ଡେସନର ଅଧ୍ୟକ୍ଷ କ୍ୟାପଟେନ କମଳାକାନ୍ତ ଚୌଧୁରୀ ଓ ମେନେଜିଂଟ୍ରଷ୍ଟି ଶ୍ରୀମତୀ ସାଧାନ ଚୌଧୁରୀ ପ୍ରାରମ୍ଭରେ ଏହି ଫାଉଣ୍ଡେସନର ଆଭିମୁଖ୍ୟ ଉଦ୍ଦେଶ୍ୟ ବିବରଣୀ ଉପସ୍ଥାପନ କରିଥିଲେ । କର୍କଟ ରୋଗର ସର୍ବୋତମ ଚିକିତ୍ସା ନିମନ୍ତେ ଦୀର୍ଘ ଦିନରୁ ଓଡ଼ିଶାର ରୋଗୀମାନେ ଟାଟା ମେମୋରିଆଲ ହସପିଟାଲକୁ ଯାଇ ରହିବା ଓ ଯୋଗାଯୋଗର ସୁବିଧା ନିମନ୍ତେ ଶ୍ରଦ୍ଧା ଫାଉଣ୍ଡେସନ ଦୀର୍ଘଦିନରୁ ସହାୟତାର ହାତ ବଢ଼ାଇ ଆସୁଅଛି । ବର୍ତମାନ ଭୁବନେଶ୍ୱରରେ ଏମସ୍ ତଥା ଅନ୍ୟାନ୍ୟ ଡାକ୍ତରଖାନାରେ ରହି ଚିକିତ୍ସିତ ହେଉଥିବା ରୋଗୀମାନଙ୍କ ପାଇଁ ଖାଇବା ଓ ଡାକ୍ତରଖାନା ସହ ଯୋଗାଯୋଗ କରାଇବା ନିମନ୍ତେ ଶ୍ରଦ୍ଧା ଫାଉଣ୍ଡେସନର ନୂତନ ସେବା ସଂସ୍ଥା ସମର୍ପିତ ହେଲା । କ୍ୟାପଟେନ ଚୌଧୁରୀ ନ୍ତଦାନ ସଂକଳ୍ପନ୍ତ ପ୍ରଚେଷ୍ଟା ମାଧ୍ୟମରେ ସାଧାରଣ ଲୋକଙ୍କର ଶିକ୍ଷା ଓ ସ୍ୱାସ୍ଥ୍ୟ ପାଇଁ ସ୍ୱଚ୍ଛ ଅର୍ଥ ସହାୟ ପାଇଁ ପ୍ରତିଶ୍ରୁତି ଦେବେବୋଲି ବକ୍ତବ୍ୟରେ ପ୍ରଦାନ କରିଥିଲେ । ଏହି ନୂତନ ଆଶ୍ରୟ ସ୍ଥଳିରେ ୭୦ ଜଣ ରୋଗୀ ଓ ତାଙ୍କର ସହାୟକଙ୍କ ପାଇଁ ରହିବା, ଖାଇବା ଏବଂ ଡାକ୍ତରଖାନ ସହ ଯୋଗାଯୋଗର ସେବା ଦେବା ପାଇଁ ବ୍ୟବସ୍ଥା ରହିଛି । ଭୁବନେଶ୍ୱର ଏହା ଏକ ଅଭିନବ ସଂସ୍ଥା ଏବଂ ଅତ୍ୟନ୍ତ ଉପକାରୀ ଅନୁଷ୍ଠାନ ବୋଲି ଶ୍ରୀଯୁକ୍ତ ସୁଧାଂଶୁ କର, ସୁବାଷ ଚନ୍ଦ୍ର ଚୌଧୁରୀ, ପ୍ରଭାତ ମହାନ୍ତି, ଲିଙ୍ଗରାଜ ଚୌଧୁରୀ, ପ୍ରେମାନନ୍ଦ ମିଶ୍ର, ବିରାଜ କୁମାର ଦାସ, ମନୋଜ କୁମାର ଦାସ, ଅଜୟ ଖୁଂଟିଆ ପ୍ରଭୃତି ସେମାନଙ୍କର ଅଭିମତ ପ୍ରକାଶ କରିଥିଲେ । ପରିଶେସରେ ଶ୍ରୀ ଆଭାସ ଚନ୍ଦ୍ର ଚୌଧୁରୀ ଧନ୍ୟବାଦ ଅର୍ପଣ କରିଥିଲେ ।

# ଜାତୀୟ ରେଡକ୍ରସରେ ଓଡିଶା ରେଡକ୍ରସର ବିରଳ କୃତିତ୍ୱ

ଭୁବନେଶ୍ୱର, (ପିଏନ);- ଭାରତୀୟ ରେଡକ୍ରସ ସୋସାଇଟିର ବାର୍ଷିକ ସାଧାରଣ ବୈଠକ କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରୀ ଶ୍ରୀଯୁକ୍ତ ହର୍ଷବର୍ଦ୍ଧନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଓଡିଶା ରାଜ୍ୟ ଶାଖା ତରଫରୁ ଅବୈତନିକ ସଚିବ ସୁଶ୍ରୀ ସିଟିଏମ. ସୁଗୁଣା, କୋଷାଧ୍ୟକ୍ଷ ମେଜର ଡ. କଳ୍ପନା ଦାସ, ଯୁବ ରେଡକ୍ରସ ଅଧିକାରୀ ଡ. ଅଜୟ କୁମାର ତ୍ରିପାଠୀ, କନିଷ୍ଠ ରେଡକ୍ରସ ଅଧିକାରୀ ଶ୍ରୀ ଲକ୍ଷ୍ମଣ ସ୍ୱାଇଁ, ସମସ୍ତ ଜିଲ୍ଲାର ଜିଲ୍ଲାପାଳ ବା ସେମାନଙ୍କ ପ୍ରତିନିଧି, ରାଜ୍ୟ କାର୍ଯ୍ୟକାରିଣୀର ସଦସ୍ୟମାନେ ଯୋଗ ଦେଇଥିଲେ । ସୁଶ୍ରୀ ସିଟିଏମ. ସୁଗୁଣା ରାଜ୍ୟରେ କ୍ରିୟାଶୀଳ ସମସ୍ତ ଯୋଜନାର ସଫଳ ରୂପାୟନ ନିମନ୍ତେ ଭାରତୀୟ




ରେଡକ୍ରସ ସୋସାଇଟିର ସହଯୋଗକୁ ବର୍ଣ୍ଣନା କରିବା ସହ ଧନ୍ୟବାଦ ପ୍ରଦାନ କରିଥିଲେ । ଏହି କାର୍ଯ୍ୟକ୍ରମରେ ଓଡିଶା ରାଜ୍ୟ ଶାଖା ଜାତୀୟ ସ୍ତରରେ ରେକର୍ଡ ସଂଖ୍ୟକ ୭ଗୋଟି ପୁରସ୍କାର ଗ୍ରହଣ କରି ବିରଳ କୃତିତ୍ୱ ହାସଲ କରିଛନ୍ତି । ସର୍ବାଧିକ ରକ୍ତଦାନ କ୍ଷେତ୍ରରେ ୨୦୧୬-୨୦୧୭, ୨୦୧୭-୨୦୧୮ ବର୍ଷ ନିମନ୍ତେ ତଥା ସର୍ବାଧିକ ଅନୁଦାନ ସଂଗ୍ରହ କ୍ଷେତ୍ରରେ ୨୦୧୬-୨୦୧୭, ୨୦୧୭-୨୦୧୮ ଏବଂ ୨୦୧୮-୨୦୧୯, ବର୍ଷ ନିମନ୍ତେ ଶ୍ରେଷ୍ଠ ରାଜ୍ୟ ଶାଖା ଭାବରେ ଓଡିଶା ସମ୍ମାନୀତ ହୋଇଛି । ଏତତ୍ ବ୍ୟତିତ ବ୍ୟକ୍ତିଗତ ସଫଳତା ନିମନ୍ତେ ସ୍ୱେଚ୍ଛାସେବୀ ଶ୍ରୀମତୀ ଗୀତାଞ୍ଜଳି ପଣ୍ଡା ଓ ମାଲକାନଗିରି ଯୁବ ରେଡକ୍ରସ ପରାମର୍ଶଦାତା ଡ. ରଂଜନ କୁମାର ସ୍ୱାଇଁଙ୍କୁ ଜାତୀୟ ରେଡକ୍ରସ ମେରିଟ ପ୍ରଶଂସାପତ୍ର ପ୍ରଦାନ କରାଯାଇଛି । ଏହି ସମସ୍ତ ସଫଳତା ନିମନ୍ତେ ସମସ୍ତ ସ୍ୱେଚ୍ଛାସେବୀ ତଥା ଯୁବ ରେଡକ୍ରସ, କନିଷ୍ଠ ରେଡକ୍ରସର ସମସ୍ତ କର୍ମକର୍ତ୍ତା, କାର୍ଯ୍ୟାଳୟ କର୍ମଚାରୀମାନଙ୍କୁଅବୈତନିକ ସଚିବ ସୁଶ୍ରୀ ସିଟିଏମ. ସୁଗୁଣା, ସାଧୁବାଦ ଜଣାଇଛନ୍ତି ।

# ୨୦୨୦ ପାଇଁ ପାର୍ବଣ ଅଫର୍ ସହିତ ଏସ୍‌ବିଆଇ କାର୍ଡ ନିଜ ଗ୍ରାହକଙ୍କୁ ଅଧିକ ଉତ୍ସାହ ପ୍ରଦାନ କରୁଛି

ନୂଆଦିଲ୍ଲୀ/ ଭୁବନେଶ୍ୱର,(ପିଏନ): ଭାରତର ସର୍ବବୃହତ କେବଳ କ୍ରେଡିଟ କାର୍ଡ ଜାରି କରୁଥିବା ସଂସ୍ଥା ଏସ୍‌ବିଆଇ କାର୍ଡ ଚଳିତ ପାର୍ବଣ ଋତୁରେ ତାହାର କାର୍ଡଧାରୀଙ୍କ ପାର୍ବଣ ଖୁସି ଅଧିକ ବଢାଇବାକୁ ଯାଉଛି । ପରିବର୍ତ୍ତିତ ଧାରା ଏବଂ ଗ୍ରାହକଙ୍କ ପସନ୍ଦ ମୁତାବକ ସ୍ୱତନ୍ତ୍ର ଭାବରେ ବ୍ୟବସ୍ଥା କରାଯାଇଥିବା ଦେଶର ୨୦୦୦ ସହରରେ ୧୦୦୦ରୁ ଅଧିକ ଅଫର୍ ସହିତ ଏସ୍‌ବିଆଇ କାର୍ଡ ଗ୍ରାହକଙ୍କୁ ସେମାନଙ୍କର ପାର୍ବଣ ଋତୁକାଳୀନ କ୍ରୟ ଅନୁଭୂତିକୁ ଅଧିକ ଉତ୍ସାହପ୍ରଦ କରିବା ପ୍ରୟାସ କରିଛି । ବିବିଧ ରେଞ୍ଜର ଅଫର ମଧ୍ୟରେ ରହିଛି ୩୦୦ରୁ ଅଧିକ ଜାତୀୟ ଏବଂ ୭୦୦ରୁ ଅଧିକ ଆଞ୍ଚଳିକ ତଥା ଅତିମାତ୍ରାରେ ସ୍ଥାନୀୟ ଅଫର୍ । ବିସ୍ତାରିତ ଅଫର ମଧ୍ୟରେ ବିବିଧ ବର୍ଗ ଯଥା ଫେଶନ ଓ ଲାଇଫଷ୍ଟାଇଲ, ଇଲେକଟ୍ରୋନିକ୍ସ, ମୋବାଇଲ, ଅଳଙ୍କାର, ଡିପାର୍ଟମେଣ୍ଟ&ଷ୍ଟ;ାଲ ଷ୍ଟୋର ଏବଂ ଭ୍ରମଣ ତଥା ଅନ୍‌ଲାଇନ ମାର୍କେଟପ୍ଲେସ ଆଦି ଅନ୍ତର୍ଭୁକ୍ତ । ଏହି ଅଫର୍ ଦେଶବ୍ୟାପୀ ଆମାଜନ, ବ୍ରାଣ୍ଡ ଫାକ୍ଟରି, କ୍ରୋମା, କାରାଟ୍‌ଲେନ, ଫାବ୍‌ଇଣ୍ଡିଆ, ଫାଷ୍ଟକ୍ରାଏ, ଗ୍ରୋଫର୍ସ, ହୋମସେଣ୍ଟ&ଷ୍ଟ;ର, ଲୟଡ୍‌ସ, ମୋର୍ ହାଇପରମାର୍କେଟ, ମୋର୍ ସୁପରମାର୍କେଟ, ପାଣ୍ଟ&ଷ୍ଟ;ାଲୁନ୍‌ସ, ସାମସଙ୍ଗ ମୋବାଇଲ ଏବଂ ଟାଟା କ୍ଲିକ୍ ଭଳି ପ୍ରସିଦ୍ଧ ବ୍ରାଣ୍ଡ୍‌ଗୁଡିକରେ ଉପଲବ୍ଧ ହେଉଛି । ଏହି କୌଶଳାତ୍ମକ ସହଭାଗିତା ଗ୍ରାହକଙ୍କୁ ସମସ୍ତ ସପିଙ୍ଗ ବର୍ଗରୁ ଫାଇଦା ଉଠାଇବାକୁ ସମର୍ଥ କରିବ । ଅଫର୍‌ଗୁଡିକ ମଧ୍ୟରେ ଆକର୍ଷଣୀୟ କ୍ୟାସ୍‌ବ୍ୟାକ ଏବଂ ତତ୍‌ସହିତ ୧୦% ପର୍ଯ୍ୟନ୍ତ ତତ୍‌କ୍ଷଣାତ ରିହାତି ଅନ୍ତର୍ଭୁକ୍ତ । ଏସ୍‌ବିଆଇ କାର୍ଡ ମଧ୍ୟ ଫ୍ଲିପକାର୍ଟର ‘ଦି ବିଗ୍ ବିଲିଅନ ଡେଜ୍’ ଅନ୍‌ଲାଇନ ସପିଙ୍ଗ ଫେଷ୍ଟିଭାଲର ଏକମାତ୍ର କ୍ରେଡିଟକାର୍ଡ ସହଭାଗି ହୋଇଛି, ଯାହା ଭାରତରେ ଅନ୍ୟତମ ସର୍ବବୃହତ ଅନ୍‌ଲାଇନ ସେଲ୍ ଅଟେ । ଏସ୍‌ବିଆଇ କାର୍ଡ ଗ୍ରାହକମାନେ ନିଜ ଘରେ ବସି ଏହି ଅଫର୍ ଅବଧି ସମୟରେ ଫ୍ଲିପକାର୍ଟରେ ୧୦% ତତ୍‌କ୍ଷଣାତ ରିହାତି ସହିତ ଅନ୍ୟ ବିବିଧ ଫାଇଦାର ସୁଯୋଗ ପାଇପାରିବେ । ପାର୍ବଣ ଅଫର୍ ସମ୍ପର୍କରେ ଏସ୍‌ବିଆଇ କାର୍ଡର ଏମ୍‌ଡି ଓ ସିଇଓ ଶ୍ରୀ ଅଶ୍ୱିନୀ କୁମାର ତିୱାରୀ କହିଛନ୍ତି, “ପ୍ରତିବର୍ଷ ଅତ୍ୟନ୍ତ ଯତ୍ନର ସହିତ ଡିଜାଇନ କରାଯାଇଥିବା ଜାତୀୟ ଓ ଆଞ୍ଚଳିକ ଅଫରଗୁଡିକ ଜରିଆରେ ଆମ ଗ୍ରାହକଙ୍କୁ ଉନ୍ନତତର ଅନୁଭୂତି ଏବଂ ସେମାନଙ୍କର ପାର୍ବଣ ସପିଙ୍ଗରେ ଯଥାସମ୍ଭବ ଅଧିକ ସଞ୍ଚୟ କରିବା ସୁଯୋଗ ପ୍ରଦାନ କରିବାକୁ ଆମେ ପ୍ରୟାସ କରିଆସୁଛୁ । ଚଳିତ ବର୍ଷ ଆମେ ଜାତୀୟ ଓ ସ୍ଥାନୀୟ ବ୍ୟବସାୟୀ, ଉଭୟ ଷ୍ଟୋର ମଧ୍ୟରେ ଏବଂ ଅନ୍‌ଲାଇନରେ ଦେଶର ୨୦୦୦ ସହରରେ ୧୦୦୦ରୁ ଅଧିକ ଅଫର ପ୍ରଦାନ କରୁଛୁ, ଯଦ୍ୱାରା ଆମର କାର୍ଡଧାରୀମାନେ ସମସ୍ତ ବର୍ଗରେ ବିପୁଳ ଫାଇଦା ପାଇବାକୁ ସମର୍ଥ ହେବେ । ଏଥିସହିତ ପାର୍ବଣ ସମୟର କ୍ରୟକୁ ଅଧିକ ସୁଲଭ କରିବା ସକାଶେ ଏସ୍‌ବିଆଇ କାର୍ଡ ଗ୍ରାହକମାନେ ୧.୩ ଲକ୍ଷରୁ ଅଧିକ ଷ୍ଟୋରରେ ଇଏମ୍‌ଆଇରେ କିଣାକିଣି କରିବାର ସୁଯୋଗ ନେଇପାରିବେ । କୌଣସି ଅଧିକ ମୂଲ୍ୟ ବିନା ଇଏମ୍‌ଆଇ ସୁବିଧା ଅଧିକ ମୂଲ୍ୟବିଶିଷ୍ଟ ଏବଂ ଲୋକପ୍ରିୟ ଇଲେକଟ୍ରୋନିକ୍ସ ତଥା ମୋବାଇଲ ବ୍ରାଣ୍ଡ୍‌ଗୁଡିକ ନିମନ୍ତେ ମଧ୍ୟ ଉପଲବ୍ଧ ହେଉଛି । ଏହି ଅଫରଗୁଡିକ ଜରିଆରେ ଆମେ ଆମ ଗ୍ରାହକଙ୍କ ପାଇଁ ଏକ ନିରାପଦ ଏବଂ ଲାଭପ୍ରଦ ସପିଙ୍ଗ ଅନୁଭୂତି ପ୍ରଦାନ କରିବା ନେଇ ବହୁତ ଖୁସି ଏବଂ ତାହାଦ୍ୱାରା ସେମାନଙ୍କର ଉତ୍ସବ ପାଳନ ଅଧିକ ଆନନ୍ଦମୟ କରିପାରୁଛୁ ।” ଜାତୀୟସ୍ତରର ଅଫର୍ ସହିତ ଏସ୍‌ବିଆଇ କାର୍ଡ ମଧ୍ୟ କ୍ଷୁଦ୍ର ସହର ଓ ନଗରଗୁଡିକରେ ଗ୍ରାହକଙ୍କ ପାଇଁ ଅନେକ ଅଞ୍ଚଳଭିତ୍ତିକ ଏବଂ ଅତିମାତ୍ରାରେ ସ୍ଥାନୀୟ ଅଫର୍ ପ୍ରସ୍ତୁତ କରିଛି । ଉଦାହରଣସ୍ୱରୂପ ଏସ୍‌ବିଆଇ କାର୍ଡ ଦୁର୍ଗାପୂଜା ଓ ନବରାତ୍ରି ଉତ୍ସବ ପାଳନ ସମୟରେ ଆଞ୍ଚଳିକ ବ୍ରାଣ୍ଡ୍‌ଗୁଡିକ ସହିତ ସହଭାଗିତା କରିଛି ଯାହା ୧୭ଟି ସହରରେ ୧୧୦୦ରୁ ଅଧିକ ଷ୍ଟୋରରେ ୧୨୦ରୁ ଅଧିକ ରିହାତି ଅଫର୍ ସହିତ କ୍ୟାସ୍‌ବ୍ୟାକ ଅଫର, ୪୬ଟି ସହରରେ ୧୦%ରୁ ୫୫% ପର୍ଯ୍ୟନ୍ତ ୭୦୦ରୁ ଅଧିକ ଅତିମାତ୍ରାରେ ସ୍ଥାନୀୟ ଅଫର୍ ଜରିଆରେ ଗ୍ରାହକଙ୍କୁ ମହାନ ସଞ୍ଚୟ ଯୋଜନାର ଫାଇଦା ଉଠାଇବାକୁ ସମର୍ଥ କରିବ । ଏଥିସହିତ ସୁଲଭତା ନିଶ୍ଚିତ କରିବା ପାଇଁ ଏସବିଆଇ କାର୍ଡ ଗ୍ରାହକମାନେ ୮୪୫୦୦ ବ୍ୟବସାୟ ପ୍ରତିଷ୍ଠାନ ଏବଂ ୧.୩ ଲକ୍ଷରୁ ଅଧିକ ଷ୍ଟୋରରେ ଇଏମ୍‌ଆଇ ସୁବିଧା ପାଇପାରିବେ । ପୁନଶ୍ଚ ଇଲେକଟ୍ରୋନିକ୍ସ ଓ ମୋବାଇଲ ବର୍ଗରେ ୧୪ଟି ବ୍ରାଣ୍ଡ୍ ନିମନ୍ତେ କୌଣସି ଅତିରିକ୍ତ ଖର୍ଚ୍ଚ ବିନା ଇଏମ୍‌ଆଇ ସୁବିଧା ନେଇପାରିବେ ।

# ଖାତାବୁକ୍ ମାଇଁଷ୍ଟୋର୍ ଆପ୍ ପକ୍ଷରୁ ମାତ୍ର ୧୫ ମିନିଟ୍‌ରେ ବ୍ୟବସାୟୀଙ୍କୁ ଅନ୍‌ଲାଇନ୍ ବ୍ୟବସାୟ କରିବାର ସୁବିଧା ପ୍ରଦାନ

ଭୁବନେଶ୍ୱର: ଭାରତର ଦ୍ରୁତ ଅଭିବୃଦ୍ଧିଶୀଳ ଫିନ୍‌ଟେକ୍ ଷ୍ଟାର୍ଟ-ଅପ୍, ଖାତାବୁକ୍ ଏବେ ଆଣ୍ଡ୍ରଏଡ୍‌ରେ ଏହାର ‘ମାଇଁଷ୍ଟୋର୍’ ଆପ୍‌ର ଶୁଭାରମ୍ଭ କରିଛି । ସହଜ ସାଇନ୍-ଅପ୍ ପ୍ରକ୍ରିୟା ସହିତ ଏହା ହେଉଛି ଏକ ଅନ୍ତର୍ନିହିତ ଓ ସୁରକ୍ଷିତ ଇଂଟରଫେସ୍ ବିଶିଷ୍ଟ ଆପ୍, ଯାହାକି ବ୍ୟବସାୟୀମାନଙ୍କୁ ୧୫ ମିନିଟ୍ ମଧ୍ୟରେ ସେମାନଙ୍କର ଅନ୍‌ଲାଇନ୍ ବ୍ୟବସାୟ ଆରମ୍ଭ କରିବାରେ ସାହାଯ୍ୟ କରିଥାଏ । ଖାତାବୁକ୍‌ର ‘ମାଇଁଷ୍ଟୋର୍’ ଆପ୍ ୧୩ଟି ଭାରତୀୟ ଭାଷାରେ ଉପଲବ୍ଧ ଯାହା ବ୍ୟବହାରର ସହଜତା ଓ ସର୍ବଭାରତୀୟ ଗ୍ରହଣୀୟତାକୁ ସୁନିଶ୍ଚିତ କରୁଛି । ଏହି ଆପ୍ ବ୍ୟବସାୟୀମାନଙ୍କୁ ସାମାଜିକ ଦୂରତା ନିୟମ ବଜାୟ ରଖି ବ୍ୟବସାୟ ଜାରି ରଖିବାକୁ ସକ୍ଷମ କରିଥାଏ । ମାଇଁଷ୍ଟୋର୍ ଆପ୍‌କୁ ପୂର୍ବରୁ ଦେଶର ୨୫ ଲକ୍ଷରୁ ଅଧିକ ବ୍ୟବସାୟୀ ଇନ୍‌ଷ୍ଟଲ କରିଛନ୍ତି । ଏହି ଆପ୍‌ରେ ଫ୍ଲାଗ୍‌ସିପ୍ ବା ମୂଳ ଖାତାବୁକ୍ ଆପ୍‌ର ୟୁଜର୍ ଆଧାରର ଏକ ତୃତୀୟାଂଶରୁ ଅଧିକ ୟୁଜର୍ ପ୍ରୋଫାଇଲ ସଂଲଗ୍ନ ଥିବା ଅନୁମାନ କରାଯାଉଛି । ଏହି ଆପ୍‌ର ଲଂଚ୍ ଅବସରରେ ସହପ୍ରତିଷ୍ଠାତା ତଥା ସିଇଓ ରବିଶ ନରେଶ କହିଛନ୍ତି, ଆମେ ନିରନ୍ତର ଭାବେ ଦକ୍ଷତା ବୃଦ୍ଧି ସହିତ ଭାରତର ଏମ୍‌ଏସ୍‌ଏମ୍‌ଇ ବର୍ଗ ପାଇଁ ବ୍ୟବସାୟ ସଂଚାଳନ ଖର୍ଚ୍ଚକୁ ହ୍ରାସ କରିବା ଲାଗି ଉପାୟ ଖୋଜୁଛୁ । ମାଇଁଷ୍ଟୋର ଆପ୍‌ର ଉନ୍ମୋଚନ ଏହି ଉଦ୍ଦେଶ୍ୟ ଉପରେ ଆଧାରିତ ଏବଂ ଏହା ଡିଜିଟାଲ ଯୁଗରେ ବ୍ୟବସାୟ କରିବାର ଏକ ଅଧିକ ବିକଶିତ ଉପାୟ ପାଇଁ ଅଫର୍ ଓ ଏକ ଦୃଢ ବୈଷୟିକ ଭିତିଭୂମି ପ୍ରଦାନ କରୁଛି । ମାଇଁଷ୍ଟୋର୍ ଆପ୍‌କୁ ବ୍ୟବହାର କରିବା ଲାଗି ପ୍ରଥମେ ଏହାକୁ ଡାଉନ୍‌ଲୋଡ୍ କରନ୍ତୁ । ପରେ ଏଥିରେ ନାମ, ଉତ୍ପାଦ ଓ ମୂଲ୍ୟ ପରି ବ୍ୟବସାୟ ସମ୍ବନ୍ଧିତ ତଥ୍ୟ ଦିଅନ୍ତୁ । ନିଜ ପସନ୍ଦର ଯୋଗାଯୋଗ ଚ୍ୟାନେଲ ମାଧ୍ୟମରେ ଗ୍ରାହକଙ୍କ ସହିତ ଷ୍ଟୋର୍ ଲିଙ୍କ୍ ନିୟୋଜିତ କରନ୍ତୁ ଓ ବିକ୍ରି ଆରମ୍ଭ କରନ୍ତୁ । ଖାତାବୁକ୍ ଆପ୍‌ର ମାସିକ ସକ୍ରିୟ ଉପଭୋକ୍ତା ଆଧାର ୮୦ ଲକ୍ଷ ରହିଥିବା ବେଳେ ଏହା ପାରମ୍ପରିକ ବ୍ୟବସାୟ ଉଧାର ଖାତାବହି ପ୍ରକ୍ରିୟାକୁ ସମ୍ପୂର୍ଣ୍ଣ ସ୍ୱୟଂଚାଳିତ କରି ଏମ୍‌ଏସ୍‌ଏମ୍‌ଇ ଶିଳ୍ପରେ ସୁଧାର ଆଣିଛି । ଏହି ଆପ୍ କିରାନା ଷ୍ଟୋରଠାରୁ ଆରମ୍ଭ କରି ମୋବାଇଲ ରିଚାର୍ଜ ଦୋକାନ, ଗାରମେଂଟ୍ ଡିଲର ଓ ଜୁଏଲର୍ସ ପର୍ଯ୍ୟନ୍ତ ପ୍ରାୟ ୫୦୦ରୁ ଅଧିକ ପ୍ରକାରର ବ୍ୟବସାୟକୁ ସେବା ପ୍ରଦାନ କରୁଛି ।

# ନ୍ୟୁହଲାଣ୍ଡ ଏଗ୍ରିକଲଚର ପକ୍ଷରୁ ସମସ୍ତ ଟ୍ରାକ୍ଟର ଉପରେ ୬ ବର୍ଷର ଟ୍ରାନ୍ସଫରରେବୁଲ୍ ଟି-ୱାରେଟିଂ ଘୋଷଣା

ଭୁବନେଶ୍ୱର : ପୃଥିବୀର ଅଗ୍ରଣୀ ଏଗ୍ରିକଲଚର ବ୍ରାଣ୍ଡ୍ ନ୍ୟୁ ହଲାଣ୍ଡ ଏଗ୍ରିକଲଚର ପକ୍ଷରୁ ଭାରତରେ ଏହାର ସମସ୍ତ ଟ୍ରାକ୍ଟର ଉପରେ ୬ ବର୍ଷର ଟ୍ରାନ୍ସଫରରେବୁଲ୍ ଟି-ୱାରେଟିଂ ଘୋଷଣା କରାଯାଇଛି । ପ୍ରଥମ କରି ନ୍ୟୁ ହଲାଣ୍ଡ ପକ୍ଷରୁ ଏଭଳି ସୁବିଧା ଗ୍ରାହକଙ୍କ ପାଇଁ ଘୋଷଣା କରାଯାଇଛି । କମ୍ପାନୀ ପକ୍ଷରୁ ୬ ବର୍ଷ ଏବଂ ୬୦୦୦ ଘଂଟାର ୱାରେଂଟି ପଲିସି ୨୦୨୦ ଅକ୍ଟୋବର ୨ଠାରୁ ଲାଗୁ ହୋଇଛି । ଏହି ୱାରେଂଟି ସୁବିଧା ସହଜରେ ରିସେଲ୍ ସମୟରେ ବିକ୍ରେତାଙ୍କଠାରୁ କ୍ରେତାଙ୍କ ପାଖକୁ ଟ୍ରାନ୍ସଫର୍ ମଧ୍ୟ ହୋଇପାରିବ । ଏହି ଅବସରରେ ନ୍ୟୁ ହଲାଣ୍ଡ୍ ଏଗ୍ରିକଲଚର୍ ବ୍ରାଣ୍ଡ୍‌ର ଭାରତ ଏବଂ ସାର୍କର ପରିଚାଳନା ନିର୍ଦ୍ଦେଶକ ତଥା କଂଟ୍ରି ହେଡ୍ ରୌନକ୍ ବର୍ମା କହିଲେ, ନ୍ୟୁ ହଲାଣ୍ଡ ଏଗ୍ରିକଲଚର ବ୍ରାଣ୍ଡ୍ ଜ୍ଞାନକୌଶଳ, ବିଶ୍ୱାସନୀୟତା ଏବଂ ଗୁଣବର୍ତା ପାଇଁ ଖ୍ୟାତି ହାସଲ କରିପାରିଛି । ଆମେ ଆମର ଉତ୍ପାଦ ଉପରେ ବେଶ୍ ନିଶ୍ଚିତ । ତେଣୁ ଆମେ ୬ ବର୍ଷର ୱାରେଂଟି ସୁବିଧା ଭାରତରେ ସମସ୍ତ ଟ୍ରାକ୍ଟର ଉପରେ ଘୋଷଣା କରିଛୁ । ଦେଶର କୃଷକମାନଙ୍କ ପ୍ରତି ଥିବା ଆମର ପ୍ରତିଶ୍ରୁତି ବଦ୍ଧତାକୁ ଏହା ସୂଚିତ କରୁଛି । ଏହି ଅବସରରେ ନ୍ୟୁ ହଲାଣ୍ଡ୍ ଏଗ୍ରିକଲଚର୍ ବ୍ରାଣ୍ଡ୍‌ର ଭାରତର ସେଲସ୍ ନିର୍ଦ୍ଦେଶକ ବିମଲ କୁମାର କହିଲେ, ନ୍ୟୁ ହଲାଣ୍ଡ ଏଗ୍ରିକଲଚର ବ୍ରାଣ୍ଡ୍ ପକ୍ଷରୁ ଘୋଷଣା କରାଯାଇଥିବା ୬ ବର୍ଷର ଟି-ୱାରେଂଟି ଆମର ଶ୍ରେଷ୍ଠ ଜ୍ଞାନକୌଶଳକୁ ପ୍ରତିପାଦିତ କରିବାକୁ ସକ୍ଷମ ହୋଇଛି । ଏହି ୱାରେଂଟି ସୁବିଧା ପରବର୍ତୀ କ୍ରେତାଙ୍କ ପାଖକୁ ସହଜରେ ଟ୍ରାନ୍ସଫର ହୋଇପାରିବ । ନ୍ୟୁ ହଲାଣ୍ଡ ଏଗ୍ରିକଲଚରର ଶ୍ରେଷ୍ଠ ଜ୍ଞାନକୌଶଳଯୁକ୍ତ ଟ୍ରାକ୍ଟର ଉପଲବ୍ଧ କରାଯାଇଥାଏ । ଏହା ସହିତ ସମସ୍ତ ଚାଷ ଉପକରଣ ଚାଷ ଜମି ପ୍ରସ୍ତୁତିଠାରୁ ଆରମ୍ଭ କରି ଫସଲ ଅମଳ ପର୍ଯ୍ୟନ୍ତ ଉପଲବ୍ଧ କରାଇଥାଏ । ଏହା ଘାସ ଏବଂ ଚାରା ରୋପଣ ଉପକରଣ, ପ୍ଲାଂଟର, ବାଲେର, ସ୍ପ୍ରେୟର, ଟିଲର ଉପକରଣ ଆଦି ପ୍ରସ୍ତୁତ କରିଥାଏ । କମ୍ପାନୀର ଟ୍ରାକ୍ଟର ରେଞ୍ଜ ଉନ୍ନତ ଜ୍ଞାନକୌଶଳ ଆଧାରରେ ନିର୍ମିତ । ଏଗୁଡ଼ିକ ବିଶେଷ ଶକ୍ତିଶାଳୀ ଏବଂ ଏହାର ଇଞ୍ଜିନ୍ ଇନ୍ଧନ ସଂଚୟକାରୀ । ଭାରତବ୍ୟାପି କମ୍ପାନୀ ପକ୍ଷରୁ ଗ୍ରାହକଙ୍କ ଆବଶ୍ୟକ ତାଲିମ୍ ବିକ୍ରି ପରବର୍ତୀ ସେବା ଅନ୍ତର୍ଗତ ମଧ୍ୟ ଯୋଗାଇ ଦିଆଯାଇଥାଏ ।

# ଫୋନ୍‌ପେ ପକ୍ଷରୁ କାର୍ ଓ ବାଇକ୍ ଇନ୍ସ୍ୟୁରାନ୍ସର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଡିଜିଟାଲ ପେମେଂଟ୍ ପ୍ଲାଟ୍‌ଫର୍ମ ଫୋନ୍‌ପେ ପକ୍ଷରୁ ଆଜି ବଜାଜ୍ ଆଲିଏନ୍ସ ଜେନେରାଲ ଇନ୍ସ୍ୟୁରାନ୍ସ ସହ ଘରୋଇ କାର୍ ଓ ଦୁଇଚକିଆ ଯାନ ମାଲିକଙ୍କ ପାଇଁ ନିଜ ପ୍ଲାଟ୍‌ଫର୍ମରେ କାର୍ ଓ ବାଇକ୍ ଇନ୍ସ୍ୟୁରାନ୍ସ ଉତ୍ପାଦର ଶୁଭାରମ୍ଭ କରାଯାଇଛି । ଏହାଦ୍ୱାରା ୨୩୦ ମିଲିୟନରୁ ଅଧିକ ଫୋନ୍‌ପେ ଉପଭୋକ୍ତା ବିନା କୌଣସି ବାଧାରେ ୨ ମିନିଟ୍ ମଧ୍ୟରେ ନିଜ କାର୍ ଓ ବାଇକ୍‌ର ଇନ୍‌ସ୍ୟୁରାନ୍ସ କରିପାରିବେ । ଏହା କିଣିବା ପାଇଁ ସେମାନଙ୍କୁ କୌଣସି ଡକ୍ୟୁମେଂଟ୍ ଅପ୍‌ଲୋଡ୍ କରିବାର ଆବଶ୍ୟକତା ନାହିଁ ଏବଂ ଏଥିସହିତ ସେମାନେ ଆପ୍‌ରେ ତତ୍କାଳ ନିଜର ବୀମା କାଗଜପତ୍ର ମଧ୍ୟ ଦେଖିପାରିବେ । ଫୋନ୍‌ପେର କାର୍ ଓ ବାଇକ୍ ଇନ୍ସ୍ୟୁରାନ୍ସ ଉତ୍ପାଦ ବର୍ତମାନର ବଜାର ଦର ଅନୁଯାୟୀ ଉପଲବ୍ଧ ସବୁଠାରୁ ଶସ୍ତା ଉତ୍ପାଦ ମଧ୍ୟରୁ ଅନ୍ୟତମ । ଫୋନ୍‌ପେ’ରେ କାର୍ ଓ ବାଇକ୍ ଇନ୍‌ସ୍ୟୁରାନ୍ସ କରିଥିବା ଗ୍ରାହକମାନେ ବାଧାମୁକ୍ତ ନବୀକରଣ, ଦେଶବ୍ୟାପୀ ଗ୍ୟାରେଜ୍‌ରେ କ୍ୟାଶଲେସ୍ ମରାମତି ଓ ମେଂଟେନାନ୍ସ ସର୍ଭିସ୍ ଓ ୨୦ ମିନିଟ୍ ମଧ୍ୟରେ ସ୍ମାର୍ଟଫୋନ୍-ସାମର୍ଥ୍ୟ କ୍ଲେମ୍ ସେଟେଲ୍‌ମେଂଟ୍ ସୁବିଧା ପାଇପାରିବେ । ଫୋନ୍‌ପେ ଉପଭୋକ୍ତାମାନେ ନିଜର ଆବଶ୍ୟକତା ମୁତାବକ କାର୍ ଇନ୍ସ୍ୟୁରାନ୍ସ ଯୋଜନାର ମୂଲ୍ୟ ଯେପରିକି ଶୂନ୍ୟ ମୂଲ୍ୟହ୍ରାସ, ୨୪x୭ ରୋଡ୍‌ସାଇଡ୍ ସହାୟତା ଓ ଇଞ୍ଜିନ୍ ସୁରକ୍ଷାକୁ ଅନୁକୂଳିତ କରିପାରିବେ । ଶୂନ୍ୟ ମୂଲ୍ୟ ହ୍ରାସ ଯାନବାହନକୁ ଏହାର ଅଂଶର ମୂଲ୍ୟରେ ବାର୍ଷିକ ମୂଲ୍ୟ ହ୍ରାସ ଚିନ୍ତା ନକରି ସୁରକ୍ଷା କରିବାରେ ସାହାଯ୍ୟ କରିଥାଏ ଓ ସମ୍ପୂର୍ଣ୍ଣ କ୍ଲେମ୍ ରାଶି ପେମେଂଟ୍ କରିଥାଏ, ଯାହାଦ୍ୱାରା ଗ୍ରାହକଙ୍କୁ କୌଣସି ଅର୍ଥ ଖର୍ଚ୍ଚ କରିବାକୁ ପଡିନଥାଏ । ଏସମ୍ପର୍କରେ ଫୋନ୍‌ପେ ଇନ୍ସ୍ୟୁରାନ୍ସ ବିଭାଗର ଉପାଧ୍ୟକ୍ଷ ଓ ମୁଖ୍ୟ ଗୁଞ୍ଜନ ଘାଇ କହିଛନ୍ତି, “ଏହି ଦୁଇ ଉତ୍ପାଦ ଗ୍ରାହକଙ୍କ ସମସ୍ତ ଇନ୍ସ୍ୟୁରାନ୍ସ ଆବଶ୍ୟକତା ପାଇଁ ଗୋଟିଏ ବନ୍ତବ୍ୟସ୍ଥଳ ଓ ଆମର ଲକ୍ଷ୍ୟ ଅନୁରୂପ ଅଟେ । ଆମର ଲକ୍ଷ୍ୟସ୍ଥଳରେ ପହଂଚିବା ଓ ଗ୍ରାହକଙ୍କ ଦୃଷ୍ଟିକୋଣ ସହିତ ଆମେ ମୋଟର ଇନ୍ସ୍ୟୁରାନ୍ସ କିଣିବା ପାଇଁ ଏକ ସରଳ, ଶୀଘ୍ର ଓ ସୁବିଧାଜନକ ଉପାୟ ପ୍ରଦାନ କରୁଛୁ ଓ ସୁଗମ ନବୀକରଣ ମଧ୍ୟ ସକ୍ଷମ କରିଛୁ ।” ସେହିପରି ବଜାଜ ଆଲିଆନ୍ସ ଜେନେରାଲ ଇନ୍ସ୍ୟୁରାନ୍ସର ୱେବ୍ ସେଲ୍‌ସ ଓ ଟ୍ରାଭେଲ୍‌ର ଅଧିକକ୍ଷ ଓ ମୁଖ. ସୌରଭ ଚାଟାର୍ଜୀ କହିଛନ୍ତି, “ଆମେ ସବୁବେଳେ ପ୍ରୟାସ କରିଥାଉ ବଜାରରେ ଏଭଳି ବୀମା ଉତ୍ପାଦ ଉପଲବ୍ଧ କରିବା ପାଇଁ, ଯାହା ଗ୍ରାହକଙ୍କ ପାଇଁ ସରଳ, ବୁଝିବାରେ ସହଜ, କ୍ରୟ ଓ ଦାବି କରିବା ପାଇଁ ସହଜ ହୋଇପାରିବ । ଡିଜିଟାଲ ପ୍ଲାଟ୍‌ଫର୍ମ ପ୍ରଦାନକାରୀଙ୍କ ସହ ଆମର ସହଭାଗିତା ସେହି ଦିଗରେ ଆଉ ଏକ ଛୋଟ କିନ୍ତୁ ବିଶାଳ ପଦକ୍ଷେପ । ଭବିଷ୍ୟତରେ ଆମେ ଏହି ପ୍ଲାଟ୍‌ଫର୍ମ ଅନେକ ନୂତନ ଓ ଅଭିନବ ଉତ୍ପାଦ ଗୁନିକ ଶୁଭାରମ୍ଭ କରିବୁ । ଫୋନ୍‌ପେର ଉପଭୋକ୍ତାମାନେ ସେମାନଙ୍କର ବାଇକ୍ ଓ କାର୍‌ଗୁଡିକୁ କିଛି ସରଳ ପଦକ୍ଷେପରେ ବୀମାଭୁକ୍ତ କରିପାରିବେ ।

# ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଏବଂ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସର ଶୁଭାରମ୍ଭ

ଭୁବନେଶ୍ୱର: ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ଇଣ୍ଡିଆ ପକ୍ଷରୁ ଆଜି ଭାରତରେ ଏହାର ନୂଆ ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସର ଶୁଭାରମ୍ଭ କରାଯାଇଛି । ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସର ଶୁଭାରମ୍ଭ କରିଥିବା ଭାରତ ହେଉଛି ପ୍ରଥମ ଦେଶ । ଉଭୟ ମୋଟରସାଇକେଲ୍ ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ଇଣ୍ଡିଆ ଡିଲରସିପ୍‌ଗୁଡିକରେ ଆଜିଠାରୁ ଉପଲବ୍ଧ ହେବ । ନୂଆ ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସରକୁ ଜର୍ମାନୀର ମ୍ୟୁନିକ୍‌ଠାରେ ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ଦ୍ୱାରା ବିକଶିତ କରାଯାଇଥିବା ବେଳେ ଏହାକୁ ଭାରତର ହୋସୁର୍‌ଠାରେ କୋ-ଅପରେଶନ ପାର୍ଟନର ଟିଭିଏସ୍ ମୋଟର କମ୍ପାନୀ ଦ୍ୱାରା ସ୍ଥାନୀୟ ଭାବେ ବିଏସ-ଭିଆଇ ନିୟମ ଅନୁଯାୟୀ ଉତ୍ପାଦନ କରାଯାଇଛି । ଏହାର ଏକ୍ସ-ଶୋ’ରୁମ୍ ମୂଲ୍ୟଗୁଡିକ ଯେପରିକି ବିଏମଡ଼ବ୍ଲ୍ୟୁ ଜି୩୧୦ଆର ମାତ୍ର ୨,୪୫,୦୦୦ରେ ଏବଂ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସ ମାତ୍ର ୨,୮୫,୦୦୦ରେ ଉପଲବ୍ଧ ହେଉଛି । ନୂଆ ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସ ଏବେ ବିଏମଡ଼ବ୍ଲ୍ୟୁ ଇଣ୍ଡିଆ ଫାଇନାନ୍ସିଆଲ ସର୍ଭିସେସ୍ ମାଧ୍ୟମରେ ଯଥାକ୍ରମେ ମାତ୍ର ୪,୫୦୦ ଏବଂ ୫,୫୦୦ ରୁ ଆରମ୍ଭ ହେଉଥିବା ସମସ୍ତ-ଇନ୍‌କ୍ଲୁସିଭ୍ ମାସିକ ଇନ୍‌ଷ୍ଟଲ୍‌ମେଂଟ୍ ସହିତ ଆକର୍ଷଣୀୟ ଫାଇନାନ୍ସ ସ୍କିମ୍ ବା ଋଣ ଯୋଜନାରେ ଉପଲବ୍ଧ ହେଉଛି । ଏସମ୍ପର୍କରେ ବିଏମଡ଼ବ୍ଲ୍ୟୁ ଗ୍ରୁପ୍ ଇଣ୍ଡିଆର ପ୍ରେସିଡେଂଟ୍, ବିକ୍ରମ ପାୱା କହିଛନ୍ତି, ବିଶ୍ୱସ୍ତରରେ ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ଉଭୟ ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସ ସହିତ ଦ୍ରୁତ ଅଭିବୃଦ୍ଧିଶୀଳ ସବ -୫୦୦ ସିସି ସେଗ୍‌ମେଂଟ୍‌ରେ ନିଜ ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିଛି । ହଜାର ହଜାର ଚାଳକ ଓ ଉତ୍ସାହୀମାନଙ୍କ ପାଇଁ, ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଶୁଦ୍ଧ ମୋଟରସାଇକ୍ଲିଙ୍ଗ୍‌କୁ ଦୈନନ୍ଦିନ ଜୀବନ ପାଇଁ ପୁନଃପରିଭାଷିତ କରିଥିଲା । ସେହିପରି ଆଡ୍‌ଭେଂଚର୍ ଓ ଆନନ୍ଦ ଚାହୁଁଥିବା ଚାଳକଙ୍କ ପାଇଁ ଅଫ୍-ବିଟ୍ ଟ୍ରାକ୍ ନେବା ପାଇଁ ଏକ ଉପଯୁକ୍ତ କାରଣ ପ୍ରଦାନ କରିଥିଲା । ନିଜର ନୂତନ ଅବତାରରେ ଉଭୟ ମୋଟରସାଇକେଲ୍‌ରେ ଆକର୍ଷଣୀୟ ଡିଜାଇନ୍ ମୋଡିଫିକେସନ, ନୂତନ ଟେକ୍ନୋଲୋଜି ଓ ଉନ୍ନତ ରାଇଡିଙ୍ଗ ଡାଇନାମିକ୍ସକୁ ସାମିଲ କରାଯାଇଛି । ଆମେ ଉଭୟ ବାଇକ୍‌କୁ ଏକ ଆକର୍ଷଣୀୟ ମୁଲ୍ୟ, ଅତୁଳନୀୟ ମାସିକ କିସ୍ତି ଓ ମାଲିକାନା ମୂଲ୍ୟ ହ୍ରାସ ସହ ଶୁଭାରମ୍ଭ କରିଥିଲୁ । କ୍ଲୋଜ୍-ନିଟ୍ ଓ ପ୍ୟାସୋନେଟ୍ ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ସମୁଦାୟର ଏକ ଅଂଶ ହେବା ଲାଗି ଏହା ହେଉଛି ଏକ ଚିତାକର୍ଷକ ଆମନ୍ତ୍ରଣ । ଏହା ଏହାଠାରୁ ଅଧିକ ଭଲ ହୋଇପାରିବ ନାହିଁ । ତେଣୁ ଆଗକୁ ବଢନ୍ତୁ ଓ ‘ମେକ୍ ଲାଇଫ୍ ଏ ରାଇଡ୍’ ।“ ନୂଆ ବିଏମଡ଼ବ୍ଲ୍ୟୁ ଜି୩୧୦ଆର ଓ ବିଏମଡ଼ବ୍ଲ୍ୟୁ ଜି୩୧୦ଜିଏସ, ବିଏମଡ଼ବ୍ଲ୍ୟୁ ମୋଟୋରାଡ୍ ର ପ୍ରିମିୟମ ଡିଲର ନେଟ୍‌ୱର୍କ ମାଧ୍ୟମରେ ବିକ୍ରି ହେବ ଓ ସର୍ଭିସ୍ କରାଯିବ, ଯାହାକି ଦିଲ୍ଲୀ (ଲ୍ୟୁଟିଏନ୍ସ ମୋଟୋରାଡ୍), ମୁମ୍ବାଇ (ନବ୍‌ନୀତ ମୋଟର୍ସ), ପୁନେ (ବାଭାରିଆ ମୋଟର୍ସ),ଚେନ୍ନାଇ (କେୟୁଏନ ମୋଟୋରାଡ୍), ବେଙ୍ଗାଲୁରୁ (ଟସ୍କର ମୋଟୋରାଡ), ଅହମ୍ମଦାବାଦ (ଗ୍ୟାଲୋପ୍ସ ଅଟୋହାଉସ୍), କୋଚି (ଇଭିଏମ ଅଟୋକ୍ରାଫ୍ଟ), ହାଇଦ୍ରାବାଦ (ଜେଏସପି ମୋଟୋରାଡ୍), ଇନ୍ଦୋର (ମ୍ୟୁନିକ୍ ମୋଟର୍ସ), ଲକ୍ଷ୍ନୌ (ସ୍ପିଡ୍ ମୋଟର୍ସ), ଚଣ୍ଡୀଗଡ (କ୍ରିଷ୍ଣା ଅଟୋମୋବାଇଲ୍ସ), ଜୟପୁର (ପ୍ରତାପ ମୋଟୋରାଡ୍), ରାୟପୁର (ମନ୍ଧନ ମୋଟର୍ସ), କଟକ (ଓଏସଏଲ ପ୍ରେଷ୍ଟିଜ୍),(ଓଏସଏଲ ପ୍ରେଷ୍ଟିଜ୍),ଓ ରାଂଚି (ଟାଇଟାନିୟମ ଅଟୋସ୍) ଭଳି ଭାରତର ପ୍ରମୁଖ ସହରଗୁଡିକରେ ଉପସ୍ଥିତ ରହିଛି ।




# ଧୂମପାନ ଓ ଲିଭର୍ ସମସ୍ୟା



ମାତ୍ର କେଇ କ୍ଷଣିକର ଆନନ୍ଦ। ହେଲେ ତା' ପରେ... ସେହି ଧୂଆଁରେ ଧୂଆଁ ହୋଇଯାଉଛି ଲକ୍ଷ ଲକ୍ଷ ଜୀବନ। ଧ୍ୱଂସ ହେଉଛି ମାନବ ସମ୍ବଳ। ଦୋହଲିଯାଉଛି ପରବାରର ଅର୍ଥନୈତିକ ସ୍ଥିତି। ପଇସା ଦେଇ କିଣୁଛେ ରୋଗ। ଝାଳବୁହା ଧନକୁ ଅଜାଡ଼ି ଦେଉଛେ ପାନ ଦେକାନ ଆଉ ଡାକ୍ତରଖାନାରେ। ସୁନ୍ଦର ଭବିଷ୍ୟତକୁ ଠେଲିଦେଉଛେ ଅନ୍ଧାରର ଅତଳଗୁହା ଭିତରକୁ। ଏହା ଏବେ ଆଉ ନାହିଁ ଘରଣୀର ମୁଣ୍ଡବ୍ୟଥା ହୋଇ, ବ୍ୟାପିଛି ସମଗ୍ର ବିଶ୍ୱକୁ। ଯାହାର ନିରାକରଣ ପାଇଁ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ତରଫରୁ ମାର୍ଚ୍ଚ ମାସ ୪ ତାରିଖକୁ ବିଶ୍ୱ ତମାଖୁ ଦିବସ ନିରୋଧ ଦିବସ ରୂପେ ପାଳନ କରାଯାଉଛି। ସର୍ବସାଧାରଣ ସ୍ଥାନ ତଥା ଶିକ୍ଷାନୁଷ୍ଠାନଗୁଡ଼ିକ ନିକଟରେ ଧୂମପାନ ନିଷେଧ ବୋଲି ସରକାର ନିୟମ କରିଥିଲେ। ୨୦୦୮ ଅକ୍ଟୋବର ୨ ଗାନ୍ଧୀ ଜୟନ୍ତୀଠାରୁ ଲାଗୁ ହେଲା ଧୂମପାନ ନିଷେଧ ନିୟମ। ସର୍ବସାଧାରଣ ସ୍ଥାନରେ କେହି ବି ଧୂମପାନ କରି ପାରିବେ ନାହିଁ। ସର୍ବସାଧାରଣ ସ୍ଥାନ କହିଲେ ବସ୍‌ଷ୍ଟାଣ୍ଡ, ହୋଟେଲ, ପ୍ରେକ୍ଷାଳୟ, ସପିଙ୍ଗ ମଲ୍, ରେଳ ଷ୍ଟେସନ୍, ସରକାରୀ କାର୍ଯ୍ୟାଳୟ ପରିସର ଇତ୍ୟାଦି। ଯଦି କେହି ଧୂମପାନ କରୁଥବା ଜଣାପଡ଼େ, ତେବେ ଆଇନତଃ ୨୦୦ ଟଙ୍କାର ଜରିମାନା ଦେବେ। ଶିକ୍ଷାନୁଷ୍ଠାନ ଓ ମନ୍ଦିର ନିକଟରୁ ୧୦୦ ମିଟର ଦୂରରେ କୌଣସି ତମ୍ବାଖୁ ଦୋକାନ ରହିବ ନାହିଁ ବୋଲି ନିର୍ଦ୍ଦେଶ ଦିଆଗଲା। ନୂଆ ନୂଆ କିଛି ଦିନ କଡ଼ାକଡ଼ି ଭାବେ ଏହି ନିୟମ ପାଳନ ହେଲା। ରାଜଧାନୀର ବିଭିନ୍ନ ସ୍ଥାନରେ ଥିବା ତମାଖୁ ଦୋକାନ ଉପରେ କମିଶନରେଟ ପୁଲିସ ପକ୍ଷରୁ ଚଢ଼ଉ ମଧ କରାଗଲା। ତମାଖୁ ସେବନ କରିବା କେତେ ଯେ ଭୟଙ୍କର ତାହା ତମାଖୁ ସେବନ କରି ମୃତ୍ୟୁ ବରଣ କରୁଥିବା ପରିସଂଖ୍ୟାନରୁ ଜଣାପଡ଼େ। ସମଗ୍ର ବିଶ୍ୱରେ ୮ ଲକ୍ଷରୁ ଊର୍ଦ୍ଧ୍ୱ ତମାଖୁ ସେବନ କରି ମୁଖ ଗହ୍ୱର କର୍କଟ ରୋଗରେ ରୋଗାକ୍ରାନ୍ତ ହେଉଥିବା ବେଳେ ଦିନକୁ ୨,୨୨୦ ଜଣ ବ୍ୟକ୍ତି ମୃତ୍ୟୁବରଣ କରୁଛନ୍ତି। ଏବେ ଠାରୁ ଯଦି ତମାଖୁ ସେବନ ଉପରେ ବିଶ୍ୱରେ ଏହାର ସଂଖ୍ୟା ଯଥେଷ୍ଟ ବଢ଼ିବ ବୋଲି ବିଶେଷଜ୍ଞମାନେ ମତବ୍ୟକ୍ତ କରୁଛନ୍ତି। ଧୂମପାନ ସେବନରେ ମୁଖଗହ୍ୱର, ହୃତ୍‌ପିଣ୍ଡ, ଯକୃତ, ଫୁସ୍‌ଫୁସ୍, ଅଗ୍ନ୍ୟାଶୟ ଓ ଖାଦ୍ୟନଳୀ ଇତ୍ୟାଦି ଶରୀରର ଅଂଶଗୁଡ଼ିକ ରୋଗାକ୍ରାନ୍ତ ହୁଅନ୍ତି। ଉଚ୍ଚରକ୍ତଚାପ, ହୃଦ୍‌ଘାତ, ପକ୍ଷାଘାତ, ଫୁସ୍‌ଫୁସ୍ କ୍ୟାନସର, ବୃକକ୍ କ୍ୟାନସର, ଖାଦ୍ୟନଳୀ କ୍ୟାନସର, ସ୍ୱରନଳୀର କ୍ୟାନସର ଓ ଅଗ୍ନ୍ୟାଶୟର କ୍ୟାନସର ଇତ୍ୟାଦି ଧୂମପାନ ସେବନ ଯୋଗୁଁ ହୋଇଥାଏ। ବେଶୀ ସଂଖ୍ୟାରେ ଅଧିକ ବର୍ଷ ଧୂମପାନ କଲେ ଏହି ରୋଗ ସବୁ ଦେଖାଯାଏ। ଯେଉଁମାନେ ଧୂମପାନ କରୁନାହାଁନ୍ତି କିନ୍ତୁ ପରିବେଶରେ ଧୂମପାନ ଦ୍ୱାରା ଆକ୍ରାନ୍ତ ହେଉଛନ୍ତି ଯାହାକୁ କି ଦ୍ୱିତୀୟ ସ୍ତରର ଧୂମପାନ କୁହନ୍ତି ତାହାମଧ ଶରୀର ପକ୍ଷେ କ୍ଷତିକାରକ। ଦ୍ୱିତୀୟସ୍ତର ଧୂମପାନ ହେଉଛି ସିଗାରେଟ୍‌ର ଧୂଆଁ ଓ ମନୁଷ୍ୟର ନିଃଶ୍ୱାସରେ ଛାଡୁଥିବା ଧୂଆଁର ମିଶ୍ରଣ। ଗର୍ଭବତୀ ମହିଳାମାନେ ଏହି ଦ୍ୱିତୀୟ ସ୍ତରର ଧୂମପାନ ଦ୍ୱାରା ବିଶେଷ ଭାବେ ଆକ୍ରାନ୍ତ ହୁଅନ୍ତି ଓ ଶିଶୁ ମୃତ୍ୟୁର ହାର ମଧ ତିନିଗୁଣ ବୃଦ୍ଧି ପ୍ରାପ୍ତ ହୁଏ। ଧୂମପାନ ଦ୍ୱାରା ମନୁଷ୍ୟର ଆୟୁଶ ମଧ ଦଶ ପନ୍ଦର ବର୍ଷ କମିଯାଏ। ରକ୍ତ କ୍ୟାନସର, ଯକୃତ୍ କ୍ୟାନସର, ବୃହଦନ୍ତ୍ର କ୍ୟାନସର ଓ ପିତ୍ତକୋଷ କ୍ୟାନସରର ସଂଖ୍ୟା ଧୂମପାନ ବ୍ୟକ୍ତିଙ୍କ ଠାରେ ବେଶୀ ସଂଖ୍ୟାରେ ଦେଖାଯାଏ। ଧୂମପାନ ଦ୍ୱାରା କାର୍ବନ ମନୋକ୍ସାଇଡ, ସାଇନାଇଡ୍ ଓ ବେନ୍‌ଜୋପାଇରିନ୍ ଇତ୍ୟାଦି ରାସାୟନିକ ବସ୍ତୁ ଶରୀରକୁ ପ୍ରବେଶ କରି ବିଭିନ୍ନ ଅଙ୍ଗକୁ ଆକ୍ରାନ୍ତ କରନ୍ତି। ରକ୍ତ ଶୀରା ପ୍ରଶିରା ସଙ୍କୁଚିତ ହୋଇ ବାରଜରସ୍ ରୋଗ ସୃଷ୍ଟି କରେ। ରକ୍ତରେ କୋଲେଷ୍ଟିରଲ୍, ଫିବ୍ରିନୋଜେନ୍ ଇତ୍ୟାଦିର ଅଂଶ ବୃଦ୍ଧି ପାଇ ହୃଦ୍‌ଘାତ ହୁଏ। ହୁକା ସେବନ ମଧ ଧୂମପାନ ଭଳି କ୍ଷତିକାରକ। ଧୂମପାନ ଦ୍ୱାରା ଖାଦ୍ୟନଳୀ ଓ ପେଟରେ ଘାଆ ସୃଷ୍ଟି ହୁଏ। ଇତିହାସ କହେ, ଖ୍ରୀ.ପୂ. ୬୦୦୦ ବର୍ଷ ତଳେ ଆମେରିକାରେ ତମାଖୁ ଚାଷ କରାଯାଉଥିଲା। ୧୪୯୨ ମସିହାରେ କଲମ୍ବସ୍ ଏହି ତମାଖୁକୁ ଇଉରୋପ ନେଇଥିଲେ। ତା' ପରେ ମାତ୍ର ଦେଢ଼ଶହ ବର୍ଷ ଭିତରେ ଏହା ବିଶ୍ୱସାରା ଚରିଯାଇଥିଲା। କେବଳ ଏହାର ବ୍ୟବହାରରେ ପରିବର୍ତ୍ତନ ପରିଲକ୍ଷିତ ହୋଇଥିଲା। ଅଷ୍ଟାଦଶ ଶତାବ୍ଦୀରେ ଏହାକୁ ନାଶ ଭାବେ ବ୍ୟବହାର କରାଯାଉଥିବା ବେଳେ ଊନବିଂଶ ଶତାବ୍ଦୀରେ ସିଗାରର ବ୍ୟବହାର ବୃଦ୍ଧି ପାଇବାରେ ଲାଗିଲା। ବିଂଶ ଶତାବ୍ଦୀ ବେଳକୁ ଏହା ସିଗାରେଟ୍‌ର ରୂପ ନେଇଥିଲା। ଏକବିଂଶ ଶତାବ୍ଦୀ ବେଳକୁ ଏହା ଏତେ ଆଦୃତ ହୋଇଥିଲା ଯେ ବିଶ୍ୱରେ ପ୍ରାୟ ଏକ ତୃତୀୟାଂଶ ଲୋକ ଏହାକୁ ସେବନ କରୁଛନ୍ତି। ବର୍ତ୍ତମାନ ଏହାର ବିଭିନ୍ନ ରୂପଗୁଡ଼ିକ ହେଉଛି; ବିଡ଼ି, ସିଗାର, ସିଗାରେଟ, କ୍ରେଟେକ୍ସ, ପାଇପ, ଷ୍ଟିକ୍, ଗୁଟ୍‌ଖା ଇତ୍ୟାଦି। ତମାଖୁର ବ୍ୟାପକ ବ୍ୟବହାର ଯୋଗୁଁ ପ୍ରତିକ୍ଷଣରେ ବଢ଼ିଚାଲିଛି ଅସୁରକ୍ଷିତ ଜୀବନର ପାରଦ। ସମ୍ପ୍ରତି ବିଶ୍ୱରେ ୫୦ କୋଟି ଲୋକ ତମାଖୁ ଯୋଗୁଁ ମୃତ୍ୟୁ ସହିତ ସଂଗ୍ରାମ କରୁଛନ୍ତି। ବିଶ୍ୱର ୧/୩ ଅଂଶ ଲୋକ ତମାଖୁ ବ୍ୟବହାର କରୁଥିବାରୁ ପ୍ରତିଦିନ ୧୫୦ କୋଟି ସିଗାରେଟ୍ ଓ ଗୁଟ୍‌ଖା ବିକ୍ରି ହେଉଛି। ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ପୃଥିବୀର ପାଞ୍ଚଟି ବୃହତ୍ତମ କମ୍ପାନୀ, ଫିଲିପ୍ସ, ମୋରିସ୍, ବାଟ୍, ଆଲତାରଡ଼ିସ୍, ରିମସ୍ତା ଓ ଜେଟିଆଇ କମ୍ପାନୀଗୁଡ଼ିକ ବାର୍ଷିକ ୧ ଲକ୍ଷ କୋଟି ଡଲାରର ତମାଖୁ ବ୍ୟବସାୟ କରିଥାନ୍ତି। ତମାଖୁରେ ଥିବା ଉପାଦାନଗୁଡ଼ିକୁ ଆମେ ରଙ୍ଗ, ସର୍ଫ, ବିଷ, କାର ବ୍ୟାଟେରୀ, କୀଟନାଶକ, ପ୍ଲାଷ୍ଟିକ୍‌ରେ ମଧ ଦେଖିବାକୁ ପାଇବା। ଗୋଟିଏ ସିଗାରେଟ୍ ଟାଣିଲେ ଆମ ଜୀବନର ୭ ମିନିଟ୍ ଆୟୁଷ କମିଥାଏ। ସର୍ବେକ୍ଷଣରୁ ଜଣାଯାଇଛି ଯେ, ଏଡ଼ସ, ନିଷିଦ୍ଧ ନିଶାଦ୍ରବ୍ୟ, ରାସ୍ତା ଦୁର୍ଘଟଣା, ହତ୍ୟା, ଆତ୍ମହତ୍ୟା ଯୋଗୁଁ ବିଶ୍ୱରେ ପ୍ରତିବର୍ଷ ଯେତିକି ଲୋକ ମରୁଛନ୍ତି ତାହାଠାରୁ ଅଧିକ ମୃତ୍ୟୁବରଣ କରୁଛନ୍ତି ତମାଖୁ ସେବନ ଯୋଗୁଁ। ଖାଲି ଯେ ମଣିଷ ମରୁଛନ୍ତି ତାହା ନୁହେଁ ଏହା ଆମର ଅର୍ଥନୀତି ପ୍ରତି ଉପରେ ମଧ ପ୍ରଭାବ ପକାଉଛି। ତମାଖୁ ସେବନକାରୀମାନେ ସେମାନଙ୍କ ଜୀବନର ୩୦ ପ୍ରତିଶତ ଆୟ ତମାଖୁ ବାବଦକୁ ଖର୍ଚ୍ଚ କରିଥାନ୍ତି। ଏତଦ୍‌ବ୍ୟତୀତ ପ୍ରତିବର୍ଷ ଅଧାଜଳା ସିଗାରେଟ୍ ବା ଦିଆସିଲି ଯୋଗୁଁ ୧୦ ଲକ୍ଷରୁ ଊର୍ଦ୍ଧ୍ୱ ଅଗ୍ନିକାଣ୍ଡ ହୋଇଥାଏ। ଯାହା ଫଳରେ ବ୍ୟାପକ ଜଙ୍ଗଲ ଓ ଧନଜୀବନ ହାନି ହୋଇଥାଏ। ତମାଖୁ ପକେଟ୍ କଣା କରିବାରେ ଓସ୍ତାଦ। ଯେଉଁଥିପାଇଁ କୁହାଯାଇଛି, ପାନ ବିଡ଼ି ନୁହେଁ ଛୋଟିଆ ନିଶା, ଜଣା ପଡ଼େ ନାହିଁ ଟାଣେ ପଇସା।। ଆସନ୍ତୁ, ଏକ ତମାଖୁମୁକ୍ତ ବିଶ୍ୱର ପରିକଳ୍ପନାକୁ ସାକାର କରିବା!

**ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର, ବିଭାଗୀୟ ମୁଖ୍ୟ, ହେପାଟୋଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭**

## ମାର୍ଚ୍ଚ-୨୭ରେ ଶେଷ ହେବ ଶ୍ରେଷ୍ଠ ଓଡ଼ିଆଣୀ ପ୍ରତିଯୋଗିତା ପଞ୍ଜିକରଣ

ଭୁବନେଶ୍ୱର (ପିଏନ୍)-ଓଡ଼ିଆ ପ୍ରଥା, ପରମ୍ପରା, ଭାଷା, ସଂସ୍କୃତି ତଥା ଓଡ଼ିଆ ଅସ୍ମିତାର ସୁରକ୍ଷା ଓ ସଂପ୍ରସାରଣ ଉଦ୍ଦେଶ୍ୟରେ 'ସଂଭାବନା' ପକ୍ଷରୁ ଚାଲିଥିବା ଅଭିଯାନ ହେଉଛି, ଓଡ଼ିଆ ମହୋତ୍ସବ। ଷୋଡ଼ଶ ବର୍ଷ ପାଇଁ ଉତ୍କଳ ଦିବସ, ଅପ୍ରେଲ-୧ ତାରିଖଠାରୁ ଅପ୍ରେଲ-୧୪ ତାରିଖ ଓଡ଼ିଆ ନୂଆବର୍ଷ, ବିଷୁବ ସଂକ୍ରାନ୍ତି ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବା ଏହି ମହୋତ୍ସବ ଓ ଏହାର ପ୍ରମୁଖ କାର୍ଯ୍ୟକ୍ରମ ତଥା ମୁଖ୍ୟ ଆକର୍ଷଣ ଶ୍ରେଷ୍ଠ ଓଡ଼ିଆଣୀ ପ୍ରତିଯୋଗିତା ମଧ ଷୋଡ଼ଶ ବର୍ଷରେ ପହଞ୍ଚିଛି। ଏହି ଅବସରରେ ଶ୍ରେଷ୍ଠ ଓଡ଼ିଆଣୀ ପ୍ରତିଯୋଗିତା ପାଇଁ ନାମ ପଞ୍ଜିକରଣ ୟୁନିଟ୍-୨ ପ୍ରାଥମିକ ବିଦ୍ୟାଳୟଠାରେ ପ୍ରତିଦିନ ସଂଧ୍ୟା ୬ଘଟିକାଠାରୁ ରାତ୍ର ୮ଘଟିକା ପର୍ଯ୍ୟନ୍ତ ଆସନ୍ତା ମାର୍ଚ୍ଚ-୨୭ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦିଆଯାଇଥିଲା। ଝୋଟି, ପିଠା, ଶଙ୍ଖଫୁଙ୍କା, ଢଗଢମାଳି, ପାରମ୍ପରିକ ସଂଗୀତ, ପାନଭଙ୍ଗା, ପୁରାଣ ଆବୃତ୍ତି, ମୁରୁଜ, ହୁଳହୁଳି, ଓଡ଼ିଆ ଭାଷାଜ୍ଞାନ ଓ ଓଡ଼ିଆଣୀ ବେଶଭୂଷା ଆଦିକୁ ନେଇ ଅନୁଷ୍ଠିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ ଆଗ୍ରହୀ ୨୧ବର୍ଷରୁ ଊର୍ଦ୍ଧ୍ୱ ଓଡ଼ିଆଣୀମାନେ ନିଜର ନାମ ପଞ୍ଜିକରଣ କରିପାରିବେ। ସେହିଭଳି କେବଳ ଓଡ଼ିଆଣୀ ନୁହଁନ୍ତି, ଭବିଷ୍ୟତର ଓଡ଼ିଆମାନଙ୍କୁ ଆମର ଭାଷା, ସଂସ୍କୃତି, ପରମ୍ପରା, ଐତିହ୍ୟ ଓ ସ୍ୱାଭିମାନ ସହ ପରିଚିତ ତଥା ଅଭ୍ୟସ୍ତ କରାଇବା ପାଇଁ 'ଶିଶୁ-କିଶୋର ଓଡ଼ିଆ ସ୍ୱାଭିମାନ ପ୍ରତିଯୋଗିତା' ମଧ ଆୟୋଜିତ ହେଉଛି। ୫ରୁ ୧୦, ୧୧ରୁ ୧୭ ବୟସର ଶିଶୁ-କିଶୋରଙ୍କ ପାଇଁ ଆୟୋଜିତ ଏହି ପ୍ରତିଯୋଗିତା ମଧ୍ୟରେ ଅନ୍ତର୍ଭୁକ୍ତ ଅଛି ଚିତ୍ରାଙ୍କନ, ହସ୍ତାକ୍ଷର, ଶ୍ରୁତଲିଖନ, ଓଡ଼ିଶୀ, ଲଘୁନୃତ୍ୟ, ସୁଗମ ସଂଗୀତ ଆଦି। ବିଶ୍ୱ ପଖାଳ ଦିବସରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଆଗ୍ରହୀମାନେ ତୁରନ୍ତ ଆସି ନାମ ପଞ୍ଜିକରଣ କରି ଓଡିଆ ଅସ୍ମିତା ଓ ସ୍ୱାଭିମାନ ପାଇଁ ଉଦ୍ଦିଷ୍ଟ ଏହି ଆନ୍ଦୋଳନକୁ ଆଗେଇ ନେବା ପାଇଁ ସଂଭାବନାର ପରିଚାଳନା ଟ୍ରଷ୍ଟି ଓ ସଂପାଦକ ଦେବପ୍ରସାଦ ପରିଜା, ଟ୍ରଷ୍ଟି ସ୍ମୃତି ମହାନ୍ତି, ଓଡିଆଣୀ ସମିତିର ସଂଯୋଜିକା ସୌଦାମିନୀ ସାମଲ, ସଦସ୍ୟା ଓ କଣ୍ଠଶିଳ୍ପୀ ଛନ୍ଦା ମିଶ୍ର ପ୍ରମୁଖ ଅନୁରୋଧ କରିବା ସହ ଦୂରଭାଷ- ୯୪୩୭୧ ୬୪୪୬୧ରେ ଆବଶ୍ୟକ ହେଲେ ଯୋଗାଯୋଗ କରିବାକୁ ଜଣାଇଛନ୍ତି।

## ଓଡ଼ିଶାବାସୀ ଅନ୍ୟ ରାଜ୍ୟ ଉପରେ ନିର୍ଭରଶୀଳ



ଭୁବନେଶ୍ୱର (ପିଏନ୍): ନିକଟଅତୀତରେ ବିଧାନସଭାରେ ଆଲୋଚନାବେଳେ ବିଭାଗୀୟ ମନ୍ତ୍ରୀ ମହୋଦୟ କହିଛନ୍ତି ଯେ ଓଡ଼ିଶା ଏକ ଖାଉଟି ରାଜ୍ୟ। ବାହାର ରାଜ୍ୟମାନଙ୍କରୁ ଓଡ଼ିଶାକୁ ବିଭିନ୍ନ ପ୍ରକାର ଖାଉଟି ସାମଗ୍ରୀ ଆସିଥାଏ। କିନ୍ତୁ ଓଡ଼ିଶାରୁ ବାହାରକୁ ସେପରି କିଛି ଖାଉଟି ସାମଗ୍ରୀ ଯାଇନଥାଏ। ଫଳରେ ଖାଉଟି ସାମଗ୍ରୀ ଅନ୍ତର୍ଗତ ମାଛ, ଅଣ୍ଡା, ପନିପରିବା, ଫଳମୂଳ, ଆଳୁ, ପିଆଜ ଇତ୍ୟାଦି ଆନ୍ଧ୍ର, କର୍ଣ୍ଣାଟକ, ଛତିଶଗଡ଼, ଝାରଖଣ୍ଡ, ମହାରାଷ୍ଟ୍ର, ପଶ୍ଚିମବଙ୍ଗ ପ୍ରଭୃତିରୁ ଆସିଥାଏ। ସେହିପରି ଭାବରେ ପୋଷାକ ପରିଧାନ, ପ୍ରତିଘରେ ଆବଶ୍ୟକ ହେଉଥିବା ପ୍ଲାଷ୍ଟିକ ସାମଗ୍ରୀ ଓ ଅନ୍ୟାନ୍ୟ ଗୃହୋପକରଣ ବାହାରୁ ଓଡ଼ିଶାକୁ ଆସିଥାଏ। ଓଡ଼ିଶା ଏକ କୃଷିପ୍ରଧାନ ରାଜ୍ୟ। କିନ୍ତୁ ସ୍ୱାଧୀନତା ପରେ ପ୍ରାୟ ୭୩ ବର୍ଷ ବିତି ଯାଇଥିଲେ ମଧ ଏ ପର୍ଯ୍ୟନ୍ତ ଓଡ଼ିଶା ଖାଉଟି ରାଜ୍ୟ ହୋଇ ରହିଛି। ଦିନେ ଆମର ପ୍ରତିବେଶୀ ରାଜ୍ୟ ପଶ୍ଚିମବଙ୍ଗ ଓଡ଼ଶାରୁ ମାଛ, ଚାଉଳ, ପନିପରିବା ଇତ୍ୟାଦି ଆମଦାନୀ କରୁଥିଲାବେଳେ ଏବେ ତିନି ଚାରି ଦଶନ୍ଧି ଧରି ସେଠାରୁ ଓଡ଼ିଶାକୁ ପନିପରିବା, ପୋଷାକ ପରିଧାନ, ପ୍ଲାଷ୍ଟିକ ସାମଗ୍ରୀ ଇତ୍ୟାଦି ବହୁ ପରିମାଣରେ ଆସୁଛି। ସେହିପରି ଝାଡ଼ଖଣ୍ଡର ରାଞ୍ଚି ଅଞ୍ଚଳରୁ ଏବଂ ଛତିଶଗଡ଼ର ରାୟପୁର ଅଞ୍ଚଳରୁ, ମହାରାଷ୍ଟ୍ରର ନାସିକ ଓ ନାଗପୁର ଅଞ୍ଚଳରୁ କର୍ଣ୍ଣାଟକ, ଆନ୍ଧ୍ର ଓ ତାମିଲନାଡୁ ଅଞ୍ଚଳରୁ ମାଛ, କୁକୁଡ଼ା ସମେତ ବିଭିନ୍ନ ପ୍ରକାର ଫଳମୂଳ ଆମଦାନୀ କରାଯାଇଥାଏ। ଓଡ଼ିଶାର ୮୦ ଭାଗ ଲୋକ ଗ୍ରାମାଞ୍ଚଳରେ ବାସ କରନ୍ତି ଏବଂ ଏମାନଙ୍କ ମଧ୍ୟରେ ପ୍ରାୟ ୭୦ ଭାଗ ହେଉଛନ୍ତି କୃଷିଜୀବୀ। ଓଡ଼ିଶା ବାହାରୁ ଆମଦାନୀ କରାଯାଉଥିବା ଖାଦ୍ୟ ସାମଗ୍ରୀ, ଗୃହୋପକରଣ, ସୌଖୀନ ସାମଗ୍ରୀ, ପ୍ଲାଷ୍ଟିକ ସାମଗ୍ରୀ ଇତ୍ୟାଦି ଏ ରାଜ୍ୟରେ ବିକ୍ରି ହୁଏ। ଧାନ ବା ଚାଉଳ ବିକ୍ରି କରି ଗ୍ରାମାଞ୍ଚଳର ଲୋକମାନେ ଏସବୁ ସାମଗ୍ରୀ କ୍ରୟ କରନ୍ତି ଏବଂ ପୁଅଝିଅର ପାଠପଢ଼ା, ବିବାହବ୍ରତ ଓ ଅନ୍ୟାନ୍ୟ ସାମାଜିକ ଖର୍ଚ୍ଚ ପୂରଣ କରିଥାନ୍ତି। ଖାଉଟି ସାମଗ୍ରୀ କ୍ରୟ କରିବା ପାଇଁ ହାତରୁ ପଇସା ଚାଲିଯିବା ପରେ ଆଉ ଯେତିକି ଅବଶିଷ୍ଟ ରୁହେ ଧାନ ଚାଉଳ ବିକ୍ରି କରିବା ପରେ ତାହା ସାମାଜିକ କାର୍ଯ୍ୟ କରିବା ପାଇଁ ନିଅଣ୍ଟ ହୁଏ। ତେଣୁ ପିଲାଙ୍କ ପାଠପଢ଼ା, ଝିଅଙ୍କ ବିଭାଘର ଅନ୍ୟାନ୍ୟ ସାମାଜିକ ଉତ୍ସବ ପାଳନ କରିବା ପାଇଁ ଲୋକମାନଙ୍କୁ ଋଣ କରିବାକୁ ପଡ଼ିଥାଏ। ଏହି କାରଣରୁ ଓଡ଼ିଶା ଲୋକମାନେ ଗରିବ। ୨୦୦୦ ମସିହାର ତଥ୍ୟ ଅନୁସାରେ ରାଜ୍ୟର ୫୦ ପ୍ରତିଶତରୁ ଅଧିକ ଲୋକ ଦାରିଦ୍ର୍ୟ ସୀମାରେଖା ତଳେ ଥିଲେ। କିନ୍ତୁ ଏଇ ୧୮ ବର୍ଷ ମଧ୍ୟରେ ଛୋଟବଡ଼ କିଛି ଶିଳ୍ପ ସ୍ଥାପନ ହୋଇଥିବାରୁ ଲୋକମାନଙ୍କୁ କିଛି ନିଯୁକ୍ତି ମିଳିଛି ଶିଳ୍ପ ଓ ବ୍ୟବସାୟ କ୍ଷେତ୍ରରେ। ବିଜୁ ପଟ୍ଟନାୟକ ପ୍ରଥମ ଦଫାରେ ମୁଖ୍ୟମନ୍ତ୍ରୀ ଥିବାବେଳେ ଶିଳ୍ପ ସ୍ଥାପନ, ପ୍ରଯୁକ୍ତିବିଦ୍ୟା ଇତ୍ୟାଦି କ୍ଷେତ୍ରରେ ଉଲ୍ଲେଖଯୋଗ୍ୟ ପଦକ୍ଷେପ ନିଆଯାଇଥିଲା। ତାଙ୍କ ପରେ ସେ ବିଷୟ ପ୍ରତି ଆଉ ବିଶେଷ ଧ୍ୟାନ ଦିଆଯାଇନଥିଲା। ପୁନର୍ବାର ଅଶୀ ଦଶକରୁ ଦୁଇ ଦଶନ୍ଧି ଧରି ଭିତ୍ତିଭୂମିର ବିକାଶ, ଶିଳ୍ପ ବ୍ୟବସାୟ ବାଣିଜ୍ୟ ପ୍ରସାର ପାଇଁ କିଛି ଗୁରୁତ୍ୱ ଦେବା ଯୋଗୁଁ ଲୋକମାନେ କୃଷି କ୍ଷେତ୍ର ଛାଡ଼ି ବାଣିଜ୍ୟ ବ୍ୟବସାୟକୁ ଆଦରି ନେଇଥିଲେ ଅଧିକ ରୋଜଗାର କରିବା ପାଇଁ। ଗତ ଦଶ ବର୍ଷ ଧରି ଓଡ଼ିଶାରେ ଶିଳ୍ପ ସ୍ଥାପନ ପାଇଁ ଉଦ୍ୟମ ଅବ୍ୟାହତ ରହିଥିବାରୁ ଅନେକ କ୍ଷୁଦ୍ର, ମଧ୍ୟମ, ବୃହତ୍ ଶିଳ୍ପ ସ୍ଥାପନ କରାଯାଇଛି। ବେଦାନ୍ତ, ପୋସ୍କୋ, ଆରସେଲ୍ ମିତ୍ତଲ ପ୍ରଭୃତି ବିଭିନ୍ନ କାରଣରୁ ଶିଳ୍ପ ସ୍ଥାପନ ନକରି ଫେରି ଯାଇଥିଲେ ସୁଦ୍ଧା ଓଡ଼ିଶାର ଭିତ୍ତିଭୂମି ଖଣିଜ ସାମଗ୍ରୀ ଓ ବେଳାଭୂମି ବ୍ୟବହାର କରିବା ପାଇଁ ପୁନର୍ବାର ଉଦ୍‌ଯୋଗୀମାନଙ୍କର ଧାଡ଼ି ଲାଗିଛି ଶିଳ୍ପ ସ୍ଥାପନ ପାଇଁ। ଏସବୁ କଲାବେଳେ କୃଷି ପ୍ରତି ଯେତିକି ଧ୍ୟାନ ଦେବା କଥା ତାହା କୌଣସି ସରକାର ଦେଇପାରିନାହାନ୍ତି। ଫଳରେ ଓଡ଼ିଶାରେ କୃଷି ଉତ୍ପାଦନ ଗତ କେତେବର୍ଷ ମଧ୍ୟରେ ଦୁଇ ପ୍ରତିଶତ ବୃଦ୍ଧିରେ ସୀମାବଦ୍ଧ ରହିଛି। ଲୋକସଂଖ୍ୟା ବୃଦ୍ଧି ସହିତ ଗ୍ରାମାଞ୍ଚଳ ଓ ସହରର ଚାହିଦା ମଧ ବଢ଼ିଛି, କିନ୍ତୁ ଚାହିଦା ଅନୁସାରେ ଖାଦ୍ୟ ସାମଗ୍ରୀ, ଗୃହୋପକରଣ, ପୋଷାକ ପରିଧାନ ଇତ୍ୟାଦି, ରାଜ୍ୟରେ ଉତ୍ପନ୍ନ କରିବା ପାଇଁ କୌଣସି ସଫଳ ପଦକ୍ଷେପ ନିଆଯାଇନାହିଁ। ଫଳରେ ବାହାର ରାଜ୍ୟମାନଙ୍କରୁ ବିପୁଳ ପରିମାଣର ଖାଉଟି ସାମଗ୍ରୀ ଓଡ଼ିଶାକୁ ଆସୁଛି। ଏହି ସୁଯୋଗ ନେଇ ଅନ୍ୟାନ୍ୟ ରାଜ୍ୟ ଅପେକ୍ଷା ଓଡ଼ିଶାରେ ସାଧାରଣ ସାମଗ୍ରୀର ଦରବୃଦ୍ଧି ଅଧିକ। ବିଧାନସଭାରେ ଦିଆଯାଇଥିବା ତଥ୍ୟରୁ ଜଣାଯାଏ ଯେ ଜାତୀୟ କ୍ଷେତ୍ରରେ ମୂଲ୍ୟବୃଦ୍ଧି ୪.୮୩ ପ୍ରତିଶତ ହୋଇଥିବାବେଳେ ଓଡ଼ିଶାରେ ତାହା ୭.୯୨ ପ୍ରତିଶତ ହୋଇଛି। ପରିବା, ଫଳମୂଳ, ମାଛ, ଅଣ୍ଡା, କୁକୁଡ଼ା, ଖାଇବା ତେଲ, ଆଳୁ, ପିଆଜ, ଲଙ୍କାମରିଚ ଇତ୍ୟାଦି ଆବଶ୍ୟକ ହେଉଥିବା ଦୈନନ୍ଦିନ ସାମଗ୍ରୀର ମୂଲ୍ୟ ଅନ୍ୟ ରାଜ୍ୟ ତୁଳନାରେ ଓଡ଼ିଶାରେ ବେଶୀ। ଗୋଟିଏ ଦିଗରେ ଓଡ଼ିଶାର ଅଧିକାଂଶ ଲୋକଙ୍କ ହାତରେ ଅର୍ଥର ଅଭାବ ଲାଗି ରହିଥିବାବେଳେ ଧାନ ଚାଉଳ ବିକ୍ରି କରି ଯାହା କିଛି ଉପାର୍ଜନ ହୋଇଥାଏ। ଧାନ ଚାଉଳ ବିକ୍ରି କରି ଶିକ୍ଷା ସ୍ୱାସ୍ଥ୍ୟ ଇତ୍ୟାଦି ପାଇଁ ବ୍ୟୟ ହୋଇଥାଏ। ସାମାଜିକ ଓ ଅର୍ଥନୀତିକ କ୍ଷେତ୍ରରେ ଲାଗି ରହିଥିବା ପାର୍ଥକ୍ୟ ଦୂର କରିବାକୁ ହେଲେ ଗୋଟିଏ ମାତ୍ର ଉପାୟ ଅଛି। ତାହା ହେଉଛି ଯଦି ପରିବା, ଫଳମୂଳ, ଖାଦ୍ୟସାମଗ୍ରୀ, ପୋଷାକ ପରିଧାନ, ଗୃହୋପକରଣ ଇତ୍ୟାଦି ରାଜ୍ୟର ଚାହିଦା ମେଣ୍ଟାଇବା ପାଇଁ ରାଜ୍ୟ ଭିତରେ ଉତ୍ପନ୍ନ ହୁଏ ତେବେ ଓଡ଼ିଶା ଲୋକଙ୍କର ହାତକୁ ରୋଜଗାର ଆସିବ ଏବଂ ଦାରିଦ୍ର୍ୟ ଓ ମୂଲ୍ୟବୃଦ୍ଧିର ଗଞ୍ଜଣାର ସମାଧାନ କରାଯାଇପାରିବ। କିନ୍ତୁ ଧନ୍ଦା ଓ କୌଶଳ ଶିକ୍ଷା ପାଇଁ ସରକାର ତତ୍ପରତା ଦେଖାଇନଥିବାରୁ ଓଡ଼ିଶାବାସୀ ଅନ୍ୟ ରାଜ୍ୟ ଉପରେ ନିର୍ଭର କରି ଆସୁଛନ୍ତି। ସେହିପରି ତିନୋଟି ସମୟର ଅଭାବ ପୂରଣ କରିବା ପାଇଁ ହଜାର ହଜାର ଓଡ଼ିଶାବାସୀ ଅନ୍ୟାନ୍ୟ ରାଜ୍ୟକୁ ଯାଇଥା'ନ୍ତି ରୋଜଗାର କରିବା ପାଇଁ। ଏଇ ପ୍ରଥା ବନ୍ଦ ନହେବା ପର୍ଯ୍ୟନ୍ତ ଓଡ଼ିଶା ଦରିଦ୍ର ହୋଇ ରହିବ।

**(ସୌଜନ୍ୟ: ରଘୁନାଥ ମହାପାତ୍ର, ଶ୍ରୀନିବାସ, ତାରାଚାନ୍ଦପାଟଣା, କଟକ, ଦୂରଭାଷ: ୯୨୩୮୬୩୨୭୫୦)**

## ସ୍କୁଲ୍ ପାଠ୍ୟକ୍ରମରେ ଚେସ୍: ଏହାକୁ କାର୍ଯ୍ୟକାରୀ କରିବାରେ ଦେଶର ପ୍ରଥମ ଶିକ୍ଷାନୁଷ୍ଠାନ ହେଉଛି କିସ୍




ଭୁବନେଶ୍ୱର (ପିଏନ୍)-ଚେସ୍‌କୁ ବିଦ୍ୟାଳୟ ପାଠ୍ୟକ୍ରମରେ ସାମିଲ୍ କରାଯିବା ନେଇ ଆନ୍ତର୍ଜାତିକ ଚେସ୍ ସଂଘ ପରିକଳ୍ପନା କରିଥିବା ବେଳେ ବିଭିନ୍ନ ଦେଶରେ ଏହାକୁ ସ୍କୁଲ୍ ପାଠ୍ୟକ୍ରମରେ ସାମିଲ୍ କରାଯାଉଛି। ଏହି କ୍ରମରେ ଭାରତରେ ମଧ ଚେସ୍‌କୁ ବିଦ୍ୟାଳୟ ପାଠ୍ୟକ୍ରମରେ ସାମିଲ୍ କରାଯିବା ପଇଁ ସର୍ବଭାରତୀୟ ଚେସ୍ ସଂଘ (ଏଆଇସିଏଫ୍) ନିଷ୍ପତି ନେଇଛନ୍ତି। ଏଥିପାଇଁ ଏଆଇସିଏଫ୍ ଓ ନିଖିଳ ଉତ୍କଳ ଚେସ୍ ସଂଘ (ଏଓସିଏ) ପକ୍ଷରୁ କିସ୍‌କୁ ଦେଶର ପ୍ରଥମ ବିଦ୍ୟାଳୟ ଭାବେ ନିଆଯାଇଛି। ଏହି ଉପଲକ୍ଷେ ଗତକାଲି ଭୁବନେଶ୍ୱରଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଏଆଇସିଏଫ୍‌ର ସମ୍ପାଦକ ଶ୍ରୀ ଭରତ ସିଂ ଚୌହାନ, ସଭାପତି ଡ. ସଂଜୟ କାପୁର, ଉପ-ସଭାପତି ଶ୍ରୀ ଭବେଶ ପଟେଲ୍, କୋଷାଧ୍ୟକ୍ଷ ଶ୍ରୀ ନରେଶ ଶର୍ମା, ନିଖିଳ ଉତ୍କଳ ଚେସ୍ ସଂଘର ସଭାପତି ଶ୍ରୀ ରଂଜନ କୁମାର ମହାନ୍ତି ଓ ସମ୍ପାଦକ ଦେବବ୍ରତ ଭଞ୍ଜ ପ୍ରମୁଖ ଯୋଗ ଦେଇ ବିଦ୍ୟାଳୟ ପାଠ୍ୟକ୍ରମରେ ଚେସ୍‌କୁ ସାମିଲ୍ କରାଯିବାରେ କିସ୍ ପ୍ରଥମ ଅନୁଷ୍ଠାନ ବୋଲି ଘୋଷଣା କରିଥିଲେ। ଆନ୍ତର୍ଜାତିକ ଚେସ୍ ଫେଡେରେସନ୍ (ଫିଡେ) ଏହାକୁ ପରିଚାଳନା କରିବ। କିଟ୍ ଓ କିସ୍ ଏଥିପାଇଁ ଆବଶ୍ୟକ ଭିତିଭୂମି ଯୋଗାଇ ଦେଉଥିବା ବେଳେ ଫିଡେ ଓ ଏଆଇସିଏଫ୍ ସମସ୍ତ ପ୍ରକାର ସହଯୋଗ ଯୋଗାଇଦେବେ। ଉଭୟ କିଟ୍ ଓ କିସ୍ ଶିକ୍ଷା ସହ କ୍ରୀଡାର ପ୍ରସାର ପାଇଁ ସମାନ ଗୁରୁତ୍ୱ ଦେଇ ଆସୁଛି। ଓଡିଶାରେ ଦୀର୍ଘ ୧୦ବର୍ଷ ଧରି କିଟ୍ ଓ କିସ୍ ଜରିଆରେ ପ୍ରତିଷ୍ଠାତା ଡ. ଅଚ୍ୟୁତ ସାମନ୍ତ ଚେସ୍‌ର ପ୍ରସାର କରିଆସୁଛନ୍ତି। ଯାହାଫଳରେ କିଟ୍‌ରୁ ବହୁ ଜାତୀୟ ଓ ଆନ୍ତର୍ଜାତୀୟ ସ୍ତରର ଚେସ୍ ଖେଳାଳି ବାହାରି ପାରିଛନ୍ତି। ବିଶେଷ କରି କିଟ୍ ଓ କିସ୍ ଆଂଚଳିକ ସ୍ତରଠାରୁ ଆନ୍ତର୍ଜାତିକ ଚେସ୍ ଚାମ୍ପିଅନ୍‌ସିପ୍ ଆରମ୍ଭ କରି ଚେସ୍ କ୍ରୀଡା ଓ ଚେସ୍ ଖେଳାଳିଙ୍କ ଉନ୍ନତି ପାଇଁ ପ୍ରୟାସ ଜାରି ରଖିଛି। କିସ୍‌ରେ ବିଦ୍ୟାଳୟ ପାଠ୍ୟକ୍ରମରେ ଚେସ୍‌କୁ ସାମିଲ୍ କରିବାପାଇଁ ଦୀର୍ଘ ୧ବର୍ଷ ହେଲା ଏଆଇସିଏଫ୍ ପକ୍ଷରୁ ଯୋଗାଯୋଗ କରାଯାଇଆସୁଥିଲା। ଏଥିନିମନ୍ତେ କିଟ୍ ଓ କିସ୍‌ରେ ପର୍ଯ୍ୟାପ୍ତ ଭିତିଭୂମି ଓ ପ୍ରଶିକ୍ଷକ ରହିଥିବା ଯୋଗୁଁ ଏହାକୁ ପ୍ରଥମେ କିସ୍‌ରୁ ଆରମ୍ଭ କରାଯିବା ପାଇଁ ଏଆଇସିଏଫ୍ ପକ୍ଷରୁ ସିଦ୍ଧାନ୍ତ ନିଆଯାଇ କିଟ୍ ଓ କିସ୍ ପ୍ରତିଷ୍ଠାତାଙ୍କ ସହ ଆଲୋଚନା କରାଯାଇଥିଲା। ଶ୍ରୀ ସାମନ୍ତ ସର୍ବଦା କ୍ରୀଡାକୁ ପ୍ରୋତ୍ସାହନ ଦେଇ ଆସୁଥିବାରୁ ଏଭଳି ଏକ ଉତମ ଓ ସୁନ୍ଦର ପରିକଳ୍ପନାକୁ ପାଠ୍ୟକ୍ରମରେ ସାମିଲ୍ କରିବା ପାଇଁ ସମ୍ମତି ପ୍ରଦାନ କରିଥିଲେ। ଫଳରେ ୨୦୨୧-୨୨ ଶିକ୍ଷାବର୍ଷଠାରୁ କିସ୍ ପାଠ୍ୟକ୍ରମରେ ଚେସ୍‌କୁ ସାମିଲ୍ କରାଯିବା ନେଇ ସମସ୍ତ ବନ୍ଦୋବସ୍ତ କରାଯାଇଛି। ଗତକାଲି ଏହି ଅବସରରେ ଶ୍ରୀ ସାମନ୍ତ ଖୁସି ବ୍ୟକ୍ତ କରି ଏହି ପ୍ରୟାସ ପାଇଁ ଏଆଇସିଏଫ୍ ଓ ଏଓସିଏ ଉଭୟଙ୍କୁ ସାଧୁବାଦ ଜଣାଇଛନ୍ତି। ଏହାଦ୍ୱାରା କିସ୍ ତଥା ଓଡିଶାରୁ ଅନେକ ଚେସ୍ ଖେଳାଳି ଆନ୍ତର୍ଜାତିକ ସ୍ତରରେ ସେମାନେ ସେମାନଙ୍କର ପ୍ରତିଭା ପ୍ରତିପାଦନ କରିପାରିବେ ବୋଲି କିସ୍‌ର ପ୍ରତିଷ୍ଠାତା କହିଛନ୍ତି। ବିଦ୍ୟାଳୟ ପାଠ୍ୟକ୍ରମରେ ଚେସ୍ ସାମିଲ୍ ହେଲେ ଏହା ଛାତ୍ରଛାତ୍ରୀଙ୍କୁ ବେଶ୍ ସହାୟକ ହେବ ଏବଂ ବିଶେଷ କରି କିସ୍‌ର ବହୁ ଜନଜାତି ଛାତ୍ରଛାତ୍ରୀ କେବଳ ଚେସ୍ ଖେଳାଳି ହୋଇ ବାହାରିବେ ନାହିଁ; ବରଂ ଏହାଦ୍ୱାରା ସେମାନଙ୍କ ମାନସିକ ବିକାଶରେ ସହାୟକ ହେବ ବୋଲି ଶ୍ରୀ ସାମନ୍ତ କହିଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ କିଟ୍‌ର କ୍ରୀଡା ନିର୍ଦ୍ଦେଶକ ଡ. ଗଗନେନ୍ଦୁ ଦାଶଙ୍କ ସମେତ ଏଆଇସିଏଫ୍ ଓ ଏଓସିଏର ବହୁ ପଦାଧିକାରୀ ଉପସ୍ଥିତ ଥିଲେ।

## କୋଭିଡ଼ ସଚେତନତା ସମ୍ପର୍କରେ ଜିଲ୍ଲାପାଳଙ୍କ ସମୀକ୍ଷା

ଖୋର୍ଦ୍ଧା (ପିଏନ୍): ଓଡ଼ିଶା ବାହାରେ କେତେକ ରାଜ୍ୟରେ କରୋନା ସଂକ୍ରମଣ ବୃଦ୍ଧି ପାଇବାରେ ଲାଗିଛି। ଏହାକୁ ଦୃଷ୍ଟିରେ ରଖି ଓଡ଼ିଶା ସରକାରଙ୍କ ପକ୍ଷରୁ ବିଭିନ୍ନ ପ୍ରକାର ସତର୍କତାମୂଳକ ପଦକ୍ଷେପ ନେବାକୁ ଗୁରୁତ୍ୱ ଦିଆଯାଉଛି। ଏ ସମ୍ପର୍କରେ ଖୋର୍ଦ୍ଧା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓସୱାନ ହଲଠାରେ ଜିଲ୍ଲାପାଳ ସନତ କୁମାର ମହାନ୍ତି ଭିଡ଼ିଓ କନ୍‌ଫରେନସିଂ ମାଧ୍ୟମରେ ଜିଲ୍ଲାର ବିଭିନ୍ନ ବ୍ଲକ୍‌ର ବିଡ଼ିଓ ଏବଂ ସରପଂଚମାନଙ୍କ ସହ କୋଭିଡ଼ ନିୟମ ପାଳନ ଓ ସତର୍କତା ମୂଳକ ପଦକ୍ଷେପ ସମ୍ପର୍କରେ ଆଲୋଚନା କରିଥିଲେ। କରୋନା ସଂକ୍ରମଣକୁ ରୋକିବା ପାଇଁ ଲୋକମାନଙ୍କୁ ସଚେତନ କରିବା, ମାସ୍କ ବ୍ୟବହାର କରିବା ଏବଂ ସାମାଜିକ ଦୂରତ୍ୱ ରଖିବାକୁ ଗୁରୁତ୍ୱ ଦେଇଥିଲେ। ଜନସମାବେଶ ଓ ଜନଗହଳିପୂର୍ଣ୍ଣ ସ୍ଥାନମାନଙ୍କରେ କୋଭିଡ଼ ନିୟମ କଡ଼ାକଡ଼ି ଭାବରେ ପାଳନ କରିବାକୁ ସେ ପରାମର୍ଶ ଦେଇଥିଲେ। ସଭାସମିତି ଓ ଜନସମାବେଶ ପାଇଁ ଜିଲ୍ଲା ପ୍ରଶାସନ ଓ ପୁଲିସ କର୍ତ୍ତୃପକ୍ଷଙ୍କ ଠାରୁ ଆବଶ୍ୟକ ଅନୁମତି ନେବାକୁ ପଡ଼ିବ। ଜନସମାବେଶରେ ନିର୍ଦ୍ଧାରିତ ସଂଖ୍ୟକ ଲୋକମାନେ ଯୋଗଦେଇ-ପାରିବେ। କୋଭିଡ଼ ଟୀକାକରଣ ସମ୍ପର୍କରେ ଆଲୋଚନା ହୋଇଥିଲା। ବରିଷ୍ଠ ନାଗରିକ ମାନଙ୍କର କୋଭିଡ଼ ଟୀକାକରଣ ଚାଲୁରହିଛି। ଏହି ଭିଡ଼ିଓ କନ୍‌ଫରେନସିଂରେ ଖୋର୍ଦ୍ଧାର ଅତିରିକ୍ତ ଜିଲ୍ଲାପାଳ ମନୋଜ କୁମାର ପାଢୀ, ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ଅନୁଜ କୁମାର ଦାସପଟ୍ଟନାୟକ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଦିଗନ୍ତ ରାଉତରାୟ, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡ଼ାକ୍ତର ବିଶ୍ୱରଂଜନ ପତି, ସ୍ୱାସ୍ଥ୍ୟ ଅଧିକାରୀ ଡ଼ାକ୍ତର ପ୍ରଶାନ୍ତ କୁମାର ଦାସ, ଡେ଼ପୁଟି କଲେକ୍ଟର ବଳରାମ ବାଗ ପ୍ରମୁଖ ଯୋଗ ଦେଇଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs.8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

# ଖେଳ








ଜିନ୍ଦଲ ଗ୍ରୁପର ପ୍ରତିଷ୍ଠାତା ଓ.ପି. ଜିନ୍ଦଲଙ୍କ ୯୧ତମ ଜନ୍ମବାର୍ଷିକୀ ଜେଏସପିଏଲ ଦ୍ୱାରା ପାଳିତ

## ଖେଳରତ୍ନ ପୁରସ୍କାରରୁ ରାଜୀବ ଗାନ୍ଧୀଙ୍କ ନାମ ବଦଳାଇବା ମୋଦିଙ୍କ ଅସହିଷ୍ଣୁତାର ପରିଚୟ: କଂଗ୍ରେସ

ଭୁବନେଶ୍ୱର : ଭାରତ ବର୍ଷର ସର୍ବଶ୍ରେଷ୍ଠ ପୁରସ୍କାର ରାଜୀବ ଗାନ୍ଧୀ ଖେଳରତ୍ନ ପୁରସ୍କାରରୁ ରାଜୀବ ଗାନ୍ଧୀଙ୍କ ନାମ କାଟିବା ଅତ୍ୟ' ଦୁର୍ଭାଗ୍ୟ ଏବଂ ମୋଦି ସରକାରର ଅସହିଷ୍ଣୁତା ବୋଲି କଂଗ୍ରେସ କହିଛି । ଭାରତବର୍ଷରେ ନୂଆ କିଛି କରିବାର ଦକ୍ଷତା ରଖୁନଥିବା ବିଜେପି ସରକାର କଂଗ୍ରେସ କରିଥିବା ସମସ୍ତ ଯୋଜନାର ନାମ ପରିବର୍ତ୍ତନ କରିବାରେ ବ୍ୟସ୍ତ ରହୁଛନ୍ତି । ଖେଳ ପୁରସ୍କାରରୁ ରାଜୀବ ଗାନ୍ଧୀଙ୍କ ନାମ ହଟେଇଦେଲେ ଭାରତବର୍ଷରୁ ରାଜୀବ ଗାନ୍ଧୀଙ୍କ ବିଚାରଧାରାକୁ ପରିବର୍ତ୍ତନ କରିପାରିବେ ନାହିଁ । ସ୍ୱର୍ଗତ ରାଜୀବ ଗାନ୍ଧୀଙ୍କ ରକ୍ତ ଭାରତ ବର୍ଷର ମାଟି, ପାଣି ଓ ପବନରେ ପ୍ରବାହିତ ହେଉଛି ଏବଂ ସେ ହେଉଛନ୍ତି ଆଧୁନିକ ଭାରତ ବର୍ଷର ନିର୍ମାତା ଏବଂ ବର୍ତ୍ତମାନ ଯୁବ ଶକ୍ତିର ଆଦର୍ଶ ଓ ପ୍ରାଣଦାତା । ଏହି ଅବସରରେ କଂଗ୍ରେସ ଭବନରେ ପିସିସି ମିଡିଆ ସେଲ ପକ୍ଷରୁ ଏକ ଜରୁରୀ ବୈଠକରେ ଏହି ହୀନ ରାଜନୀତିକୁ ନେଇ ମୋଦି ସରକାରର ଦୃଢ଼ ନିନ୍ଦା କରାଯାଇଛି । ପିସିସି ମିଡିଆ ସେଲର ଅଧ୍ୟକ୍ଷ ଗଣେଶ୍ୱର ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଅବାହକ ସତ୍ୟପ୍ରକାଶ ନାୟକ, ସାମାଜିକ ଗଣମାଧ୍ୟମ ଅଧ୍ୟକ୍ଷ ଅଭିଷେକ ମହାନନ୍ଦ, ବିଧାୟକ ତଥା ମୁଖପାତ୍ର ଅଧିରାଜ ମୋହନ ପାଣିଗ୍ରାହୀ, ଅମିୟ ପାଣ୍ଡବ, ପ୍ରଶାନ୍ତ ଶତପଥି, ମନୋଜ ମହାପାତ୍ର ବିନୋଦ ବିହାରୀ ନାୟକ ପ୍ରମୁଖ ଯୋଗ ଦେଇଥିଲେ ।

## ଖୋଲିଲା ଦ୍ୱିତୀୟ ଶ୍ରୀକ୍ଷେତ୍ର ରଣପୁରର ଜଗନ୍ନାଥ ମନ୍ଦିରି

ରଣପୁର (ପି.ଏନ) ବହୁ ପ୍ରତିକ୍ଷାର ଅନ୍ତ ଘଟାଇ କରୋନା କଟକଣା ମଧ୍ୟରେ ଖୋଲିଲା ଦ୍ୱିତୀୟ ଶ୍ରୀକ୍ଷେତ୍ର ରଣପୁରର ଜଗନ୍ନାଥ ମନ୍ଦିର । ରାଜ୍ୟ ସରକାର ଦେବାଳୟ ଖୋଲାଯିବାର ନିଷ୍ପତି ଜିଲ୍ଲା ପ୍ରଶାସନ ଉପରେ ଛାଡିଥିବା ବେଳେ ନୟାଗଡ ଜିଲ୍ଲା ପ୍ରଶାସନ, ମନ୍ଦିର କମିଟ ଓ ସେବାୟତମାନଙ୍କର ବୈଠକରେ ଗତ ୦୬/୦୮/୨୦୨୧ ରୁ ରଣପୁର ମନ୍ଦିର ଖୋଲିବା ପାଇଁ ନିଷ୍ପତି ହୋଇଥିଲା । ବହୁତ ଦିନ ପରେ ଭକ୍ତମାନେ କାଳିଆ ସାଆନ୍ତଙ୍କୁ



ସ୍ୱଚକ୍ଷୁରେ ଦର୍ଶନ କରି ବେଶ ଖୁସିଥିବା କହିଛନ୍ତି । ମନ୍ଦିର ଭିତରକୁ ଭକ୍ତମାନେ କରୋନା କଟକଣାର ନିୟମ ମାନି ମନ୍ଦିର ଭିତରକୁ ପ୍ରବେଶ କରିପାରିବେ । ଯେପରିକି ମାସ୍କ ପିନ୍ଧିବା, ସାମାଜିକ ଦୂରତା ଏବଂ ସାନିଟାଇଜର ହୋଇ ଭକ୍ତମାନେ ମନ୍ଦିର ଭିତରକୁ ପ୍ରବେଶ କରିପାରିବେ ବୋଲି ମନ୍ଦିର ପ୍ରଶସନ ପକ୍ଷରୁ ସୂଚନା ଦିଆଯାଇଛି ।

## ପଂଚାୟତ ନିର୍ବାଚନ ପାଇଁ ପ୍ରସ୍ତୁତି ଆରମ୍ଭ କଲାଣି ବିଜେପି

ରଣପୁର (ପି.ଏନ) ରଣପୁର ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ଚାନ୍ଦପୁର ମଣ୍ଡଳର କେରଣ୍ଡାଟାଙ୍ଗୀ ଗ୍ରାମପଂଚାୟତରେ ରଣପୁର ବିଜେପିର ଦ୍ୱିତୀୟ କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହୋଇଯାଇଛି । ରଣପୁର ନିର୍ବାଚନ ମଣ୍ଡଳୀର ବିଧାୟିକା ପ୍ରାର୍ଥିନୀ ସୁରମା ପାଢୀଙ୍କ ନେତୃତ୍ୱରେ ଏହି ବୈଠକ ଅନୁଷ୍ଠିତ ହୋଇଥିଲା । ପଂଚାୟତ ନିର୍ବାଚନକୁ ଆଖି ଆଗରେ ରଖି ବୁଥସ୍ତରରୁ ସଂଗଠନକୁ ସୁଦୃଢ କରିବା ପାଇଁ ନିଷ୍ପତି ନିଆଯାଇଥିଲା । ପ୍ରିୟ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମସ୍ତ ଗରିବ କଲ୍ୟାଣ ଯୋଜନା କିଭଳି ଭାବେ ପ୍ରକୃତ ହିତାଧିକାରୀମାନେ ପାଇ ପାରିବେ ସେଥିପାଇଁ ବିଜେପି ଲଢେଇ ଜାରିରଖିବ ବୋଲି ଶ୍ରୀମତୀ ପାଢୀ ମତ ପ୍ରକାଶ କରିଥିଲେ । ପ୍ରତ୍ୟେକ ପଂଚାୟତରେ ହେଉଥିବା ରାସନକାର୍ଡ ଦୁର୍ନୀତି, ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଓ ଭତା ଦୁର୍ନୀତି ବିରୋଧରେ ଆସ'। ଦିନରେ ବ୍ଲକ ଘେରାଉ କରାଯିବା ପାଇଁ ସ୍ଥିର କରାଯାଇଥିଲା । ଏହି ବୈଠକରେ ମଣ୍ଡଳ ସଭାପତି ଜିତେନ୍ଦ୍ର ସାହୁ, ନୟାଗଡ ଜିଲ୍ଲା ସଂପାଦକ ତାପସରଂଜନ ମାର୍ଥା, ଜିଲ୍ଲା ସାଧାରଣ ସଂପାଦକ ପରେଶ ମିଶ୍ର ପ୍ରମୁଖଙ୍କ ସମେତ ୧୦ ଗୋଟି ପଂଚାୟତର ଶକ୍ତି କେନ୍ଦ୍ର ପ୍ରମୁଖ ଓ ବହୁ ପ୍ରମୁଖ କାର୍ଯ୍ୟକର୍ତା ଯୋଗ ଦେଇଥିଲେ ।

## ପରୀକ୍ଷାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା

ନେଉଳପୁର:ଚଳିତ ବର୍ଷ କରୋନା କଟକଣା ପାଇଁ ଛାତ୍ରଛାତ୍ରୀମାନଙ୍କର ପ୍ରତ୍ୟେକ୍ଷ ଭାବେ ପରୀକ୍ଷା କରାଯାଇ ପାରିନଥିଲା। ବିକଳ୍ପ ମୂଲ୍ୟାୟନ ପଦ୍ଧତିରେ ଫଳ ପ୍ରକାଶ ପାଇଥିବା ବେଳେ ଯାଜପୁର ଜିଲାର ଅଗ୍ରଣୀ ଶିକ୍ଷାନୁଷ୍ଠାନ ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ହରିଦାସପୁର ପଂଚାୟତ ମଧ୍ୟରେ ଗୁରୁକୁଳ ପବ୍ଲିକ୍ ସ୍କୁଲ ପୂର୍ବବତ୍ ତାର ସଫଳତା ବଜାୟ ରଖିଛି। ଏହି ଶିକ୍ଷାନୁଷ୍ଠାନର ମୋଟ୍ ୧୬୨ ଜଣ ପରୀକ୍ଷାର୍ଥୀମାନଙ୍କ ମଧ୍ୟରୁ ଛାତ୍ରୀଙ୍କ ଅପେକ୍ଷା ସଫଳତା ହାରରେ ଛାତ୍ରମାନେ ଆଗରେ ରହିବା ସଙ୍ଗେ ସଙ୍ଗେ ଛାତ୍ର ଦିବ୍ୟାଂଶୁ ବରାଳ ସର୍ବୋଚ୍ଚ ୯୯ % ନମ୍ବର ରଖି ସଫଳତା ଅର୍ଜନ କରିବା ସହିତ ବିଦ୍ୟାଳୟ ପାଇଁ ଗୌରବ ଆଣିଛନ୍ତି। ଆଜି ମଧ୍ୟାହ୍ନରେ ଏକ ସମ୍ବର୍ଦ୍ଧନା ଉତ୍ସବରେ ମୁଖ୍ୟ ଅତିଥି ଭାବେ ପବ୍ଲିକ୍ ସ୍କୁଲର ଚେୟାରମ୍ୟାନ୍ ଅଭୟ କୁମାର ଜେନା, ନିର୍ଦ୍ଦେଶକ ସୁଶାନ୍ତ କୁମାର ମହାପାତ୍ର, ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ପ୍ରବୀର କୁମାର କର ଓ ଉପ ଅଧ୍ୟକ୍ଷ ସୁଧାଂଶୁ ଶେଖର ପଣ୍ଡା



ଯୋଗଦେଇ ଉଦୀୟମାନ କୃତି ଛାତ୍ରଛାତ୍ରୀମାନଙ୍କୁ ମାନପତ୍ର ଓ ଉପଢ଼ୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରିବା ସହିତ ଅଭିନନ୍ଦନ ଜଣାଇଥିଲେ। ସ୍କୁଲର ସି.ଇ.ଓ ପ୍ରତିକୂଳ ପରିସ୍ଥିତିକୁ ଅତିକ୍ରମ କରିବା ପାଇଁ ସର୍ବଦା ଚେଷ୍ଟା କରିବା ସହିତ କୃତି ଛାତ୍ରଛାତ୍ରୀମାନେ ନିଜ ନିଜ ଜୀବନରେ ଏଭଳି ଆହ୍ୱାନକୁ ଗ୍ରହଣ କରିବେ ବୋଲି ପ୍ରକାଶ କରିଥିଲେ। ବିଶ୍ୱାସ ଓ ବିଜ୍ଞାନର ଲଢ଼େଇରେ ଛାତ୍ରଛାତ୍ରୀମାନଙ୍କର ସଂକଳ୍ପର ବିଜୟ ହେଉ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଆଗାମୀ ଦିନରେ ଛାତ୍ରଛାତ୍ରୀମାନେ ଶିକ୍ଷା କ୍ଷେତ୍ରରେ ଆଗେଇ ପାରିଲେ ଗୁରୁକୁଳ ପବ୍ଲିକ୍ ସ୍କୁଲର ସୁନାମ ଅର୍ଜନ ହୋଇ ପାରିବ। ଏହି ଉତ୍ସବକୁ ବିଦ୍ୟାଳୟର ଶିକ୍ଷକ ମୁକ୍ତିକାନ୍ତ ମୁଦୁଲି, ଶିକ୍ଷୟିତ୍ରୀ ସୁଶ୍ରୀ ସାଗରିକା ମହାପାତ୍ର, ଝୁନାରାଣୀ ଜେନା ଓ ମଧୁଶ୍ରୀ ମଣ୍ଡଳ ପରିଚାଳନା କରିଥିଲେ। ସରକାରଙ୍କ କରୋନା ନିୟମାନୁସାରେ ଉତ୍ସବ କରାଯାଇଥିଲା।

## ଏଫଡିସିଆଇ ସହଯୋଗରେ ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଦି ସୋକେସର ଦ୍ୱିତୀୟ ସଂସ୍କରଣର ଉନ୍ମୋଚିତ

ନିୟୁଦିଲ୍ଲୀ: ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର, ଯାହାକି ଫେସନ ଓ ଡିଜାଇନ୍ ଦୁନିଆର ଏକ ଅଗ୍ରଣୀ ସ୍ୱର ଫେସନ ଡିଜାଇନ୍ କାଉନସିଲ୍ ଅଫ୍ ଇଣ୍ଡିଆ (ଏଫଡିସିଆଇ) ସହଯୋଗରେ ଦି ସୋକେସ ର ଦ୍ୱିତୀୟ ସଂସ୍କରଣର ଉନ୍ମୋଚନ କରିଛି ଓ ଏକ ନୂତନ ମାର୍ଗର ଶୁଭାରମ୍ଭ କରିଛି । ଦି ସୋକେସ୍ ଭାରତର ଏକ ଅଗ୍ରଣୀ ପ୍ଲାଟଫର୍ମ ରୂପେ ବିବେଚନା କରାଯାଉଛି ଯେଉଁଥିରେ ଚାରିଟି ବର୍ଗରେ ଯଥା ଡିଜାଇନର, ସଟରବର୍ଗ, ମଡେଲ୍ ଓ କ୍ରିଏଟର କ୍ଷେତ୍ରରେ ପ୍ରତିଭାମାନଙ୍କୁ ଆବିଷ୍କାର କରାଯିବ। ଏହି ସ୍ୱତନ୍ତ୍ର କୋର୍ସ ମାଧ୍ୟମରେ, ଦି ସୋକେସ୍ ଆଶାୟୀ ପ୍ରତିଭାମାନଙ୍କର ଯାତ୍ରାକୁ ତ୍ୱରାନ୍ୱିତ କରିବ ଓ ସେମାନେ ଏହି ପ୍ଲାଟଫର୍ମ ମାଧ୍ୟମରେ ସେମାନଙ୍କର ସୃଜନଶୀଳ ପ୍ରତିଭାକୁ ପ୍ରଦର୍ଶନ କରିପାରିବେ। ଏଥିରେ ସାରା ଭାରତର ଆଶାୟୀ ପ୍ରତିଭାଧାରୀମାନେ ସାମିଲ୍ ହୋଇପାରିବେ ଓ ନିଜର ଦକ୍ଷତାର ପ୍ରମାଣ ଦେଇପାରିବେ। ଏହି ଘୋଷଣା ଅବସରରେ, କାର୍ତିକ ମହିନ୍ଦ୍ରା, ଚିଫ୍ ମାର୍କେଟିଂ ଅଫିସର, ପର୍ଣ୍ଣଡ ରିକାର୍ଡ଼ ଇଣ୍ଡିଆ କହିଛନ୍ତି ଯେ ନ୍ତଏହା ଅତ୍ୟନ୍ତ ଆନନ୍ଦର ବିଷୟ ଯେ ଆମେ ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର 'ଦି ସୋକେସ' ର ଦ୍ୱିତୀୟ ସଂସ୍କରଣକୁ ଏଫଡିସିଆଇ ସହଯୋଗରେ ଶୁଭାରମ୍ଭ କରିଛୁ। ଏହାଦ୍ୱାରା ଏକ ସମନ୍ୱିତ ଫେସନ ପ୍ଲାଟଫର୍ମ ସୃଷ୍ଟି ହୋଇପାରିବ ଯେଉଁଠାରେ ଆମେ ଭବିଷ୍ୟତର ପ୍ରତିଭାଧାରୀମାନଙ୍କୁ ସୃଷ୍ଟି କରିପାରିବୁ। ଆମେ ପ୍ରତିଭାବାନ ଆଶାୟୀଙ୍କୁ ଏହି ଫେସନ ଇକୋସିଷ୍ଟମରେ ଏକ ପ୍ଲାଟଫର୍ମ ପ୍ରଦାନ କରିବା ପାଇଁ ଲକ୍ଷ୍ୟ ରଖିଛୁ। 'ଇନଷ୍ଟିଲିଂ ପ୍ରାଇଡ' ର ଏହି ଯାତ୍ରା ବ୍ରାଣ୍ଡର ଲକ୍ଷ୍ୟ ଅନୁସାରେ ହେବ ଓ ଦି ସୋକେସ ମାଧ୍ୟମରେ 'ପ୍ରାଇଡ୍'ର ସ୍ୱତନ୍ତ୍ର ଏକ୍ସପ୍ରେସନକୁ ସନ୍ନିବେସିତ କରାଯିବ।''ଏହି ସୋକେସରେ ଫେସନ ଉଦ୍ୟୋଗର ବହୁତ ପ୍ରସିଦ୍ଧ ନାମ ଜୁରି ସଦସ୍ୟ, ମେଂଟର, ପ୍ରମୁଖ ବକ୍ତା ଓ ଆକ୍ଟିଭ ଫେସନ ପ୍ରମୋଟର ଭାବରେ ସାମିଲ୍ ହେବେ। ଏହି




ଶକ୍ତିଶାଳୀ ଜୁରୀ ସଦସ୍ୟମାନଙ୍କ ମଧ୍ୟରେ ଏଫଡିସିଆଇ ର ଚେୟାରମ୍ୟାନ, ସୁନିଲ୍ ସେଠି, ଅଭିନେତା ଓ ଷ୍ଟାଇଲ ଆଇକନ, ନେହା ଶର୍ମା, ଡିଜାଇନ୍ ଏକ୍ସଟ୍ରାଅର୍ଡିନାରି, ଗୌରବ ଗୁପ୍ତା, ଅଗ୍ରଣୀ କ୍ରିଏଟର, ମାସୁମ ମିନାୱାଲା, ସେଲିବ୍ରିଟି ଷ୍ଟାଇଲିଷ୍ଟ, ସାଲିନା ନାଥାନି ଓ ପରିଶେଷରେ ବଲିଉଡର ଅଗ୍ରଣୀ ସଟରବର୍ଗ ରାହୁଲ ଝାଙ୍ଗିଆନି ରହିଛନ୍ତ। ଫେସନ ଉଦ୍ୟୋଗର ଅନ୍ୟ ପ୍ରମୁଖ ବ୍ୟକ୍ତିତ୍ୱ ଯଥା ଅମିତ୍ ଅଗ୍ରୱାଲ, ଅ୍ର ମୋଦୀ, ଜେଜେ ଭାଲାୟା, ନମ୍ରତା ଜୋସିପୁରା, ରାହୁଲ ମିଶ୍ରା, ଶାନ୍ତନୁ ଓ ନିଖିଲ, ସୁନିତ ବର୍ମା, ଆବ୍ରାହମ୍ ଓ ଠାକୋରେ, ରିନା ଢାକା ଓ କୁନାଲ୍ ରାୱଲ ପ୍ରତିଯୋଗୀ ଟିମଗୁଡ଼ିକୁ ଏହି ପ୍ରତିଯୋଗୀତା ପର୍ଯ୍ୟାୟରେ ମାର୍ଗଦର୍ଶନ ପ୍ରଦାନ କରିବେ। ପ୍ରାୟ ଦୁଇ ମାସ ମଧ୍ୟରେ ଏହା ଚାରିଟି ପର୍ଯ୍ୟାୟ ରେ ଗତି କରିବ। ଏହି ସୋକେସ୍ ଅନେକ ଗୁଡ଼ିଏ ବିଷୟକୁ ଅତ୍ୟନ୍ତ ସୁନ୍ଦର ଭାବରେ ସାମିଲ୍ କରିଛି ଯଥା 'ମାଇ ଆଇଡେଂଟିଟି। ମାଇଁ ପ୍ରାଇଡ୍'। 'ମାଇଁ ପାସନ୍, ମାଇଁ ପ୍ରାଇଡ୍ ଓ 'ମାଇଁ ପ୍ଲାନେଟ। ମାଇଁ ପ୍ରାଇଡ' ଏକ ଅତୁଳନୀୟ ଅନୁଭୂତି ପ୍ରଦାନ କରିବ। ସାରା ଦେଶରୁ ଆସିଥିବା ପ୍ରତିଭାମାନଙ୍କୁ ଚୟନ କରାଯାଇଥିବା ପ୍ରତିଯୋଗୀମାନଙ୍କୁ ଚାରିଟି ଟିମରେ ବିଭକ୍ତ କରାଯିବ ଓ ସେମାନଙ୍କୁ ଡିଜାଇନର, ସଟରବର୍ଗ, ମଡେଲ୍ ଓ କ୍ରିଏଟର ଭାବରେ ମାଇଁ ପ୍ଲାନେଟ୍, ମାଇଁ ପ୍ରାଇଡ୍ ଥିମ ଅନ୍ତର୍ଗତ ଚ୍ୟାଲେ ପ୍ରଦାନ କରାଯିବ। ପୁନଃବ୍ୟବହାର, ପୁନଃଉଦ୍ଦେଶ୍ୟ ଓ ପୁନଃଚକ୍ରଣ ଅନ୍ତର୍ଗତ ଆଶାୟୀମାନଙ୍କୁ ୬୦ ଟି ଅଗ୍ରଣୀ ଫେସନ ବ୍ରାଣ୍ଡରୁ ଓ ବ୍ୟକ୍ତିବିଶେଷ ଲେବଲ ଯଥା ରୋହିତ୍ ବଲ, ପେରୋ, ଆଶିଶ୍ ଏନ୍ ସୋନି, ବୋଡିସ୍, ନୀତା ଲୁଲା, ବରୁଣ ଭାଲ, ଗୌରି ଓ ନୈନିକା, ରୋହିତ୍ ଗାନ୍ଧୀ +ରାହୁଲ୍ ଖାନ୍ନା, ହ୍ୟୁମେନ, ଦୁଦଲାଗେ, ପଙ୍କଜ ଓ ନିଧି ତଥା ଅନ୍ୟମାନଙ୍କ ଠାରୁ ରୁ ଗ୍ରହଣ କରାଯାଇଥିବା ପୋଷାକକୁ 'ମାଇଁ ପ୍ଲାନେଟ, ମାଇଁ ପ୍ରାଇଡ୍' ଅନ୍ତର୍ଗତ ନୂତନ ରୂପ ପ୍ରଦାନ କରିବାକୁ ହେବ। ଚେୟାରମ୍ୟାନ, ଏଫଡିସିଆଇ, ସୁନିଲ୍ ସେଠୀ, କହିଛନ୍ତି ଯେ, ''ଦି ସୋକେସ ର ଦ୍ୱିତୀୟ ସଂସ୍କରଣ ପାଇଁ ଆମେ ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ସହିତ ସାମିଲ୍ ହୋଇଥିବାରୁ ଅତ୍ୟନ୍ତ ଆନନ୍ଦିତ। ଏହା ନିଶ୍ଚିତ ଭାବରେ ଏକ ଉତ୍କୃଷ୍ଟ ପଦକ୍ଷେପ। ଫେସନ ଦୁନିଆଁର ପ୍ରସିଦ୍ଧ ନାମ ଓ ଏଫଡିସିଆଇ ଓ ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ର ସମାନ ଚିନ୍ତାଧାରା ସ୍ୱରୂପ ଆମେ ଏକ ସମନ୍ୱିତ ପ୍ଲାଟଫର୍ମ ପ୍ରସ୍ତୁତ କରିପାରିବା ଯଦ୍ୱାରା ଆମ ଦେଶର ଭବିଷ୍ୟତର ପ୍ରତିଭାମାନଙ୍କୁ ଏକ ସୁଯୋଗ ପ୍ରଦାନ କରାଯାଇପାରିବ ଓ ସେମାନେ ସୋମନଙ୍କର ଦକ୍ଷତାରେ ଉତ୍କର୍ଷତା ଲାଭ କରିପାରିବେ।'' କ୍ୟୁରେଟର, ଆଶିଶ ସୋନୀ କହିଛନ୍ତି ଯେ, ''ଭାରତରେ ପର୍ଯ୍ୟାପ୍ତ ମାତ୍ରାରେ ପ୍ରତିଭା ରହିଛି ଓ ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର 'ଦି ସୋକେସ୍' ର ଦ୍ୱିତୀୟ ସଂସ୍କରଣ ମାଧ୍ୟମରେ ପ୍ରତିଭାମାନଙ୍କର ସୃଜନଶୀଳ କ୍ଷେତ୍ରରେ ବିକାଶ କରାଯାଇପାରିବ। ଆକ୍ଟର ଓ ମଡେଲ, ନେହା ଶର୍ମା କହିଛନ୍ତି ଯେ ''ଉଭୟ ଅଭିନୟ ଓ ମଡେଲିଂର ପୃଷ୍ଠଭୂମି ରହିଥିବାରୁ, ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ଦି ସୋକେସର ଜୁରି ସଦସ୍ୟ ଭାବରେ ମୁଁ ଅତ୍ୟନ୍ତ ଆନନ୍ଦିତ। ଡିଜାଇନର, ଗୌରବ ଗୁପ୍ତା କହିଛନ୍ତି ଯେ, ''ମୋର ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ସହିତ ଦୀର୍ଘ ଦିନର ସମ୍ପର୍କ ରହିଛି ଓ ଭବିଷ୍ୟତର ପ୍ରତିଭାଧାରୀମାନଙ୍କୁ ଆଗକୁ ନେବା ପାଇଁ ଦି ସୋକେସ୍ ହେଉଛି ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ସେଲିବ୍ରିଟି ଷ୍ଟାଇଲିଷ୍ଟ, ସଲିନା ନାଥାନି କହିଛନ୍ତି ଯେ, ନ୍ତମୁଁ ସର୍ବଦା ଲୋକମାନଙ୍କୁ ଡ୍ରେସ୍ ଅପ୍ କରାଇବା ପାଇଁ ଆଗ୍ରହୀ ଥିଲି ଓ ଏହି ଦିଗରେ ମୁଁ ସଠିକ୍ ସୁଯୋଗ ପାଇଥିବାରୁ ଅତ୍ୟନ୍ତ ଆନନ୍ଦିତ। ଫେସନ ଓ ଲାଇଫଷ୍ଟାଇଲ୍ ଇନ୍ଫ୍ଲୁଏନ୍ସର, ମାସୁନ୍ ମିନାୱାଲା କହିଛନ୍ତି ଯେ, ବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ଦି ସୋକେସ୍ ର ଡାଇନାମିକ୍ ପ୍ଲାଟଫର୍ମ ଦି ସୋକେସ୍ ମାଧ୍ୟମରେ ଇନ୍ଫ୍ଲୁଏନ୍ସର୍ସ ଓ କ୍ରିଏଟରମାନେ ସମ୍ମୁଖକୁ ଆସି ପାରିଛନ୍ତି ଓ ସେମାନଙ୍କର ଦକ୍ଷତା ପାଇଁ ସାରା ଦେଶରେ ସେମାନଙ୍କୁ ସ୍ୱୀକୃତି ମିଳିପରିଛି ଯାହାକି ଅତ୍ୟନ୍ତ ଆନନ୍ଦ ଓ ଗୌରବର ବିଷୟ।ନ୍ତ ସେଲିବ୍ରିଟି ଫଟୋଗ୍ରାଫର, ରାହୁଲ୍ ଝାଙ୍ଗିଆନି, ଏହି ଅବସରରେ କହିଛନ୍ତି ଯେ, ନ୍ତବ୍ଲେଣ୍ଡର୍ସ ପ୍ରାଇଡ୍ ଫେସନ ଟୁର ସହିତ ସାମିଲ୍ ହୋଇ କାର୍ଯ୍ୟ କରିବାର ସୁଯୋଗ ପାଇଥିବାରୁ ଆମେ ଅତ୍ୟନ୍ତ ଆନନ୍ଦିତ। ଏହା ନିଶ୍ଚିତ ଭାବରେ ମୋ ଜୀବନ ପାଇଁ ଏକ ଅଭୁଲା ମୁହୂର୍ତ ହୋଇ ରହିବ।


ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V



TUITION CLASSES
for Std I to Std V
Timing: 5 PM to 6.30 PM

FIND THE DIFFERENCE
- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act



Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray